୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.144 Bhubaneswar Friday July 12 2024 | ୨୬ତମ ବର୍ଷ ସଂଖ୍ୟା-୧୪୪ ଭୁବନେଶ୍ୱର, ଶୁକ୍ରବାର, ଜୁଲାଇ ୧୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ଏଏସଓଙ୍କ ସଙ୍ଗୀନ ଅଭିଯୋଗ: ଜୀବନରୁ ମାରିଦେବାକୁ ଉଦ୍ୟମ କରିଥିଲେ ରାଜ୍ୟପାଳଙ୍କ ପୁଅ

ଭୁବନେଶ୍ୱର,୧୧।୭(ପିଏନ):ରାଜ୍ୟପାଳ ରଘୁବର ଦାସଙ୍କ ପୁଅ ଲଳିତ କୁମାରଙ୍କ ବିରୁଦ୍ଧରେ ଆସିଛି ସଙ୍ଗୀନ ଅଭିଯୋଗ । ନିଜର ୫ଜଣ ସହଯୋଗୀଙ୍କ ସହ ମିଶି ବିଳମ୍ବିତ ରାତ୍ରିରେ ଓଡିଶା ସଚିବାଳୟ ସେବାର ଜଣେ କର୍ତ୍ତବ୍ୟରତ ଅଫିସର ବୈକୁଣ୍ଠନାଥ ପ୍ରଧାନଙ୍କୁ ମରଣାନ୍ତକ ଆକ୍ରମଣ କରି ଲହୁଲୁହାଣ କରିଛନ୍ତି ଲଳିତ । ଏନେଇ ରାଜ୍ୟପାଳଙ୍କ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ରଙ୍କୁ ଗତ ଜୁଲାଇ ୮ ତାରିଖ ଅପରାହ୍ନ ସାଢ଼େ ୪ଟାରେ ମୌଖିକ ଅବଗତ କରି ନ୍ୟାୟ ପାଇଁ ଗୁହାରି କରିଥିଲେ ମଧ୍ୟ କିଛି ସୁଫଳ ନମିଳିବାରୁ ଗତକାଲି(ଜୁଲାଇ ୧୦)ରେ ପୁଣିଥରେ ଶ୍ରୀ ପ୍ରଧାନ ଲିଖିତ ଅଭିଯୋଗ କରିଥିବା ଜଣାପଡିଛି । ସୂଚନା ଅନୁସାରେ, ରାଜ୍ୟପାଳ ରଘୁବର ଦାସଙ୍କ ପୁଅ ଲଳିତ କୁମାରଙ୍କ ମରଣାନ୍ତକ ଆକ୍ରମଣର ଶିକାର ହୋଇଥିବା ନେଇ ଓଡିଶା ସଚିବାଳୟ ସେବାର ଅଧିକାରୀ ବୈକୁଣ୍ଠନାଥ ପ୍ରଧାନ ସଙ୍ଗୀନ ଅଭିଯୋଗ ଆଣିଛନ୍ତି । ଶ୍ରୀ ପ୍ରଧାନ ଏନେଇ ରାଜ୍ୟପାଳଙ୍କ ପ୍ରମୁଖ ସଚିବଙ୍କୁ ଲିଖିତ ଭାବେ ଅଭିଯୋଗ କରିବା ପରେ ଘଟଣା ପଦାକୁ ଆସିଛି । ଶ୍ରୀ ପ୍ରଧାନ ମଧ୍ୟ 'ଓଡିଶା ରିପୋର୍ଟର'କୁ ପ୍ରତିକ୍ରିୟା ଦେଇ ଅଭିଯୋଗ ଉପରେ ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ହୋଇନଥିବା କହିଛନ୍ତି । ନ୍ୟାୟ ପାଇବା ପାଇଁ ପରବର୍ତ୍ତୀ ପଦକ୍ଷେପ ସମ୍ପର୍କରେ ସେ ଆଇନଗତ ପରାମର୍ଶ ଲୋଡ଼ୁଥିବା ମଧ୍ୟ ସୂଚନା ଦେଇଛନ୍ତି । ଶ୍ରୀ ପ୍ରଧାନ ଏବେ ସଂସଦୀୟ ବ୍ୟାପାର ବିଭାଗରେ ନିଯୁକ୍ତ ପାଇଛନ୍ତି ଓ ଡେପୁଟେସନରେ ରାଜଭବନର ହାଉସହୋଲଡ ସେକ୍ସନରେ ଏଏସଓ(ଆସିଷ୍ଟାଣ୍ଟ ସେକ୍ସନ ଅଫିସର) ଭାବେ କାର୍ଯ୍ୟରତ ଅଛନ୍ତି । ରାଜ୍ୟପାଳଙ୍କ ପ୍ରମୁଖ ସଚିବଙ୍କୁ ଦେଇଥିବା ଲିଖିତ ଅଭିଯୋଗରେ ଶ୍ରୀ ପ୍ରଧାନ ଦର୍ଶାଇଛନ୍ତି ଯେ, ପୁରୀ ରାଜଭବନରେ ଜୁଲାଇ ୭ତାରିଖ ରାତିରେ ରାଜ୍ୟପାଳଙ୍କ ପୁଅ ଲଳିତ କୁମାର ଓ ତାଙ୍କର ଅନ୍ୟ ୫ଜଣ ସହଯୋଗୀ ମିଳିତ ଭାବେ ତାଙ୍କ ଉପରେ ମରଣାନ୍ତକ ଆକ୍ରମଣ କରିଛନ୍ତି । ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ଜୁଲାଇ ୭ ଓ ୮ ତାରିଖ ପୁରୀ ଗସ୍ତକୁ ଦୃଷ୍ଟିରେ ରଖି ତାଙ୍କର ରାଜଭବନ ରହଣୀର ପ୍ରସ୍ତୁତି ତଦାରଖ ପାଇଁ ସେ(ପୁରୀ ରାଜଭବନର ଇନଚାର୍ଜ ଭାବେ) ଗତ ୫ତାରିଖରୁ ପୁରୀରେ ରହିଥିଲେ । ୭ ତାରିଖରେ ରାଷ୍ଟ୍ରପତିଙ୍କ ଗସ୍ତ ବେଶ୍ ଭଲରେ ସମ୍ପାଦନ ହୋଇଥିଲା । କିନ୍ତୁ ସେହି ରାତି ପ୍ରାୟ ୧୧ଟା ୪୫ମିନିଟରେ ସେ ରାଜଭବନସ୍ଥିତ ଅଫିସ ରୁମରେ ବସିଥିବାବେଳେ ରାଜ୍ୟପାଳଙ୍କ ବ୍ୟକ୍ତିଗତ ରୋଷେୟା ଆକାଶ ସିଂ ତାଙ୍କ ପାଖକୁ ଆସି ଲଳିତ କୁମାର ଡାକୁଥିବା କହିଥିଲେ । ରାଜଭବନର ସୁଇଟ ନମ୍ବର-୪ରେ ରହୁଥିବା ଲଳିତଙ୍କୁ ଭେଟିବାକୁ ସେ ଯାଇଥିଲେ କିନ୍ତୁ ତାଙ୍କୁ ଦେଖୁଦେଖୁ ଲଳିତ ଉତକ୍ଷିପ୍ତ ହୋଇ ଅତ୍ୟନ୍ତ ଅଶାଳୀନ ଭାଷାରେ ବଡ ପାଟିରେ ଗାଳିଗୁଲଜ କରିଥିଲେ । ତାଙ୍କର ଏଭଳି ଆଚରଣକୁ ପ୍ରତିବାଦ କରିବାରୁ ଲଳିତ ତାଙ୍କୁ ଚାପୁଡା ମାରିବା ଆରମ୍ଭ କରିଥିଲେ ବୋଲି ଶ୍ରୀ ପ୍ରଧାନ ଅଭିଯୋଗ କରିଛନ୍ତି । ନିଜକୁ ଅସହାୟ ମଣି ସେ ଉକ୍ତ ରୁମରୁ ଗୈଡି ପଳାଇ ଆସି ଆନେକ୍ସ ବିଲିଡିଂରେ ଲୁଚି ରହିବାକୁ ଚେଷ୍ଟା କରିଥିଲେ । ମାତ୍ର ଲଳିତଙ୍କର ଦୁଇଜଣ ପିଏସଓ ତାଙ୍କୁ ଖୋଜି ପୁଣିଥରେ ଲଳିତଙ୍କ ପାଖକୁ ଟେକି ନେଇଯାଇଥିଲେ ଆଉ ସେଠାରେ ତାଙ୍କ ମୁହଁକୁ ଚାପୁଡା,ମୁଥ ସହ ଶରୀରର ବିଭିନ୍ନ ଭାଗକୁ ଗୋଇଠା ମାରିଥିଲେ ଏବଂ ଲଳିତ ତାଙ୍କୁ ହତ୍ୟା ପାଇଁ ଧମକ ଦେବା ସହ କେହିବି ତାଙ୍କୁ ବଂଚାଇ ପାରିବେ ନାହିଁ ବୋଲି ଚେତାବନୀ ଦେଇଥିବା ନେଇ ଶ୍ରୀ ପ୍ରଧାନ ଅଭିଯୋଗ କରିଛନ୍ତି ।letter ଅଭିଯୋଗ ଚିଠି ଏହି ସମସ୍ତ ଘଟଣା ସମ୍ପର୍କରେ ଶ୍ରୀ ପ୍ରଧାନ ଜୁଲାଇ ୮ତାରିଖ ଅପରାହ୍ନ ସାଢ଼େ ୪ଟାରେ ମୌଖିକ ଭାବେ ରାଜ୍ୟପାଳଙ୍କ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ରଙ୍କୁ ଅବଗତ କରିଥିବା ତାଙ୍କ ଅଭିଯୋଗ ପତ୍ରରେ ଉଲ୍ଲେଖ କରିଛନ୍ତି । ତେଣୁ ଏସମସ୍ତ ଘଟଣା ପ୍ରତି ଦୃଷ୍ଟି ଦେଇ ତାଙ୍କୁ ନ୍ୟାୟ ଦେବା ସହ ଦୋଷୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଶ୍ରୀ ପ୍ରଧାନ ଦାବି କରିଛନ୍ତି । ଅନ୍ୟପକ୍ଷରେ, ଶ୍ରୀ ପ୍ରଧାନଙ୍କ ଏହି ଅଭିଯୋଗ ସମ୍ପର୍କରେ ରାଜ୍ୟପାଳଙ୍କ ପୁଅ ଲଳିତ କୁମାରଙ୍କ ସହ ଯୋଗାଯୋଗ ସମ୍ଭବପର ହୋଇପାରିନି । ତେବେ ରାଜ୍ୟପାଳଙ୍କ ପିଆରଓ ସଞ୍ଜିବ କୁମାର ବାରିକଙ୍କୁ ପଚାରିବାରୁ ସେ ଏନେଇ କିଛି ଜାଣନ୍ତି ନାହିଁ ଓ ପ୍ରଥମଥର ପାଇଁ ଏକଥା ଶୁଣୁଥିବା କହିଛନ୍ତି ।



ସାଇଶୁଭମ୍ (ଗୀତାଞ୍ଜଳି ପଣ୍ଡା ଓ କେଶବ ଚନ୍ଦ୍ର ପଣ୍ଡାଙ୍କ ପୁତ୍ର)ର

ଶୁଭ ବ୍ରତୋପନୟନ

ଶୁଭେଚ୍ଛା : ଗିରିଜା, ବିରଜା, ଲିପ୍ସା, ସୋମନାଥ ଶତପଥୀ, ସ୍ନେହଲତା ଶତପଥୀ, ନରେନ୍ଦ୍ର ଦ୍ୱିବେଦୀ, କନକଲତା ଦ୍ୱିବେଦୀ, ମହେନ୍ଦ୍ର ଶତପଥୀ, ବୈଦେହୀ ଶତପଥୀ, ସୁରେନ୍ଦ୍ର ତ୍ରିପାଠୀ, ସ୍ୱର୍ଣ୍ଣଲତା ତ୍ରିପାଠୀ, ଚିନ୍ମୟୀ, ବାପୁନୀ, ଦୀପକ, ପୂଜା, ବୁଟନ, ବିନି, ମାମୁନି, କାହ୍ନୁ, ମୁନା, ଏଲି, ରଙ୍ଗଲତା ପଣ୍ଡା, ବାସନ୍ତୀ ପଣ୍ଡା, କୃଷ୍ଣଚନ୍ଦ୍ର ପଣ୍ଡା ବନ୍ଧୁ, ଆତ୍ମିୟସ୍ୱଜନ ଓ ପରିବାରବର୍ଗ।

ଦର୍ପଣୀଗଡ଼, ଚଣ୍ଡିଖୋଲ ଓ ଯାଜପୁର

## ୧୫ରେ ଖୋସଷଲି ପୁର ଜଳସେଚନ କାର୍ଯ୍ୟାଳୟ ଘେରାଉ କରିବେ ଚାଷୀ

ଦର୍ପଣ,୧୧/୭(ପି ଏ ନ) କୃଷି, କୃଷକ ଓ କୃଷିକ୍ଷେତ୍ରର ଉନ୍ନତି ପାଇଁ କେନ୍ଦ୍ର ସରକାର ଓ ରାଜ୍ୟ ସରକାର ବହୁ ଯୋଜନା ମାନ ପ୍ରଣୟନ କରିଛନ୍ତି ମାତ୍ର ବିଭାଗୀୟ ଅଧିକାରୀ ଓ ଠିକାଦାର ମାନଙ୍କ ମଧ୍ୟରେ ଥିବା ଅସାଧୁ ମେଣ୍ଟ ଯୋଗୁ ଏହାର ସୁଫଳ ଚାଷୀ ମାନେ ପାଇ ପାରୁ ନାହାନ୍ତି କ୍ଷ ପ୍ରତିବର୍ଷ ପରି ଚଳିତ ବର୍ଷ ମଧ୍ୟ ହାଇଲେବୁଲ୍ କେନାଲ ଓ ତାର ଶାଖା କେନାଲ୍ ଦଳ ସଫେଇ ନାମରେ ଲକ୍ଷ ଲକ୍ଷ ଟଙ୍କା ହରିଲୁଟ କରା ଯାଉଛି ମାତ୍ର କେନାଲର, ଅବସ୍ଥା ସୁଧୁରୁ ନାହିଁ । ଜଳସେଚନ ବିଭାଗର ଖାମଖିଆଲ ନୀତି ଓ ଇଚ୍ଛାଶକ୍ତି ର ଅଭାବ ଯୋଗୁଁ ଚଳିତ ବର୍ଷ ବହୁ ଚାଷଜମି ପଡିଆ ପଡ଼ିବା ଆଶଙ୍କା ଦେଖାଦେଇଛି । ଚଳିତ ବର୍ଷ ଅନିଶ୍ଚିନ୍ତ ମୌସୁମୀ ସାଙ୍ଗ କୁ ନିଅଣ୍ଟିଆ ବର୍ଷା ଚାଷୀ ଓ ଚାଷକୁ ଚିନ୍ତାରେ ପକାଇବା ସାଙ୍ଗକୁ ଜଳସେଚନ ବିଭାଗର ଅବହେଳା ଚାଷୀ ଙ୍କ ଦୁଃଖକୁ ଦ୍ୱିଗୁଣିତ କରିଛି । ସୁଙ୍ଗୁଡ଼କ୍ଷ ଗ୍ରାମଦେବତୀ ଙ୍କ ନିକଟରେ ଥିବା ଜଳଯୋଗାଣ ପଥଟି ପୋତିହେବ ଓ ଶାଖା କେନାଲରୁ ବାହାରିଥିବା ଜଳଯୋଗାଣ ପଥ ଟି ଅବରୋଧ ହେବା ଫଳରେ ପ୍ରାୟ ୧୦୦ଏକର ଜମିରେ ଫସଲ ହକ୍ଷନିହେବକ୍ଷର, ଆଶଙ୍କା ଦେଖା ଦେଇଛି କ୍ଷ ଏ ସମ୍ପର୍କରେ ଚାଷୀମାନେ ଖୋସକ୍ଷଲିପୁରସ୍ଥିତ ଜଳସେଚନ କାର୍ଯ୍ୟାଳୟ ସହିତ ଯୋଗାଯୋଗ କଲେମଧକୌଣସି ସୁଫଳ ମିଳୁନାହିଁ। ଏ ସମ୍ପର୍କରେ ଆଜି ସୁଙ୍ଗୁଡ଼କ୍ଷ ଗ୍ରାମର ଶତାଧିକ, ଚାଷୀ ଏକ ବୈଠକରେ ଏକତ୍ରିତ ହୋଇ ଆଗାମୀ ୧୫ତାରିଖ ସୁଦ୍ଧା ଜଳଯୋଗାଣ ପଥ ଓ ଜଳପଥ ଅବରୋଧ କାର୍ଯ୍ୟ କରା ନଗଲେ ଖୋସଲିପୁର୍ ସ୍ଥିତ ଜଳସେଚନ କାର୍ଯ୍ୟାଳୟ ଘେରାଉ କରାଯିବ ବୋଲି ଚାଷୀମାନେ ଚେତାବନୀ ଦେଇଛନ୍ତି। ଏଥି ସହିତ ମୁଖ୍ୟମନ୍ତ୍ରୀ, କୃଷିମନ୍ତ୍ରୀ, କୃଷିସଚିବ ଙ୍କୁ ସାକ୍ଷାତ କରି ଅଭିଯୋଗ କରିବାକୁ ଆଜିର ବୈଠକରେ ନିଷ୍ପତ୍ତି ଗ୍ରହଣ କରିଛନ୍ତି।

## ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଭାବେ ଦାୟିତ୍ୱ ଗ୍ରହଣ କଲେ ଉଷା ପାଢ଼ୀ



ଭୁବନେଶ୍ୱର,୧୧।୭(ପି.ଏନ): ଆଇଏଏସ୍ ଅଧିକାରିଣୀ ଉଷା ପାଢ଼ୀ ଗୃହ ନିର୍ମାଣ ଓ ନଗର ଉନ୍ନୟନ (ଏଚ୍ ଆଣ୍ଡୟୁଡି) ବିଭାଗର ପ୍ରମୁଖ ସଚିବ ଭାବେ ଆଜି ଦାୟିତ୍ୱ ଗ୍ରହଣ କରିଛନ୍ତି। ଦାୟିତ୍ୱ ଗ୍ରହଣ କରିବା ପରେ ବିଭାଗୀୟ ବରିଷ୍ଠ ଅଧିକାରୀଙ୍କ ସହ ଆଲୋଚନା କରି ଏହାର ଭବିଷ୍ୟତ ପାଇଁ ନିଜର ଦୃଷ୍ଟିକୋଣ ନେଇ ଆଲୋଚନା କରିଥିଲେ। ଆଲୋଚନା ବେଳେ ଶ୍ରୀମତୀ ପାଢ଼ୀ ଦେଶବ୍ୟାପୀ ବିଭାଗର ସମ୍ମାନଜନକ ପ୍ରତିଷ୍ଠା ଉପରେ ଆଲୋକପାତ କରିବା ସହ ଆଗକୁ ଯିବାର ଏକ ସ୍ପଷ୍ଟ ମାର୍ଗ ଦର୍ଶାଇଥିଲେ। ଦଳଗତ କାର୍ଯ୍ୟର ଗୁରୁତ୍ୱ ଉପରେ ଗୁରୁତ୍ୱାରୋପ କରି କହିଥିଲେ ଯେ ବିଭାଗ ବ୍ୟକ୍ତିଗତ ପ୍ରୟାସଠାରୁ ଦୂରେଇ ଯାଇ "ଟିମ୍ ଅର୍ବାନ" ଭାବରେ ମିଳିତ ଭାବରେ କାର୍ଯ୍ୟ କରିବା ଉଚିତ୍। ନଗର ଉନ୍ନୟନରେ ବିକଶିତ ଆହ୍ୱାନ ଏବଂ ସୁଯୋଗର ମୁକାବିଲା ପାଇଁ ରଣନୈତିକ, ଭବିଷ୍ୟତ ଯୋଜନାର ଆବଶ୍ୟକତା ଉପରେ ସେ ଆଲୋକପାତ କରିଥିଲେ।ଶ୍ରୀମତୀ ପାଢ଼ୀ କହିଛନ୍ତି ଯେ, ଆମ ବିଭାଗ ଯେଉଁ ସୁନାମ ଅର୍ଜନ କରିଛି ତାହାକୁ ଆଗକୁ ବଢ଼ାଇବା ପାଇଁ ଆମେ ଆମ ଦଳର ସାମୂହିକ ଶକ୍ତିକୁ ଉପଯୋଗ କରିବା ଜରୁରୀ। ଏକ ଆଗୁଆ ଚିନ୍ତାଧାରା ଅବଲମ୍ବନ କରି ଏବଂ ଆମର ପଦକ୍ଷେପଗୁଡ଼ିକର ରଣନୈତିକ ଯୋଜନା କରି ଆମେ ବିଭାଗକୁ ଏହାର ଲକ୍ଷ୍ୟ ହାସଲ ଦିଗରେ ପ୍ରଭାବଶାଳୀ ଭାବରେ ଆଗେଇ ପାରିବା। ସୂଚନାଯୋଗ୍ୟ ଶ୍ରୀମତୀ ପାଢ଼ୀ ତାଙ୍କ ନୂତନ ଭୂମିକାରେ ଅନେକ ଅଭିଜ୍ଞତା ଏବଂ ଦୂରଦର୍ଶୀ ନେତୃତ୍ୱ ଶୈଳୀ ଆଣିଛନ୍ତି। ସହଯୋଗୀ ପ୍ରୟାସ ଏବଂ ରଣନୈତିକ ଦୂରଦୃଷ୍ଟି ସେ ଗୁରୁତ୍ୱ ଦେଇଛନ୍ତି।

## ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଲେ ନବୀନ ପଟ୍ଟନାୟକ



ଭୁବନେଶ୍ୱର,୧୧।୭(ପି.ଏନ): ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଲେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଶ୍ରୀକ୍ଷେତ୍ରରେ ପହଣ୍ଡି ଅଘଟଣକୁ ନେଇ ସେ ଚିଠି ଲେଖିଛନ୍ତି। ନବୀନ ଚିଠିରେ ଲେଖିଛନ୍ତି, ପହଣ୍ଡି ଅଘଟଣ ସାରା ବିଶ୍ୱର ଜଗନ୍ନାଥ ପ୍ରେମୀଙ୍କୁ ବ୍ୟଥିତ କରିଛି। ମୁଁ ମଧ୍ୟ ଏହି ଘଟଣା ପାଇଁ ଅତ୍ୟନ୍ତ ମର୍ମାହତ ବୋଲି ନବୀନ ଲେଖିଛନ୍ତି। ନବୀନ ପଟ୍ଟନାୟକ ଚିଠିରେ ଲେଖିଛନ୍ତି, ମହାପ୍ରଭୁ ଶ୍ରୀ ଜଗନ୍ନାଥ ଓଡିଆ ଅସ୍ମିତାର ପ୍ରତୀକ। ଓଡିଆ ଜାତିର ସର୍ବଶ୍ରେଷ୍ଠ ପରିଚୟ। ସେ ହେଉଛନ୍ତି ଏ ଜାତିର ମଉଡମଣି। ଜଗତର ନାଥ ଜଗନ୍ନାଥ। ମହାପ୍ରଭୁଙ୍କ ରଥଯାତ୍ରାରେ ଭାଗ ନେବା ପାଇଁ ଦେଶ ବିଦେଶରୁ ଲକ୍ଷ ଲକ୍ଷ ଜଗନ୍ନାଥ ପ୍ରେମୀ ଆସି ପୁରୀ ଧାମରେ ସମ୍ମିଳିତ ହୋଇଥାନ୍ତି ବୋଲି ଲେଖିଛନ୍ତି।

## ରଥଖଳା ପାଲଟିଗଲା ରଣକ୍ଷେତ୍ର: ଅଣସେବାୟତଙ୍କ ମାଡରେ ସେବାୟତ ଆହତ

ଭୁବନେଶ୍ୱର,୧୧।୭(ପି.ଏନ): ଚଳିତ ବର୍ଷ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ରଥଯାତ୍ରା ସମୟରେ କିଛି ଅଘଟଣ ଦେଖିବାକୁ ମିଳିଥିଲା । ପୂର୍ବରୁ ଏପରି ଅଘଟଣ ଦେଖିବାକୁ ମିଳିନଥିଲା । ଚଳିତ ବର୍ଷ ରଥଯାତ୍ରାରେ ଜଣେ ଶ୍ରଦ୍ଧାଳୁଙ୍କର ମୃତ୍ୟୁ ଘଟିବା ସହିତ ବହୁ ଆହତ ହୋଇଥିଲେ । ସେହିପରି ରଥ ଟଣା ସରିବା ପରେ ଆଡପ ପହଣ୍ଡି ସମୟରେ ବଡ ଠାକୁର ବଳଭଦ୍ର ତଳେ ପଡିଯାଇଥିଲେ । ଜଣେ ସେବାୟତଙ୍କ ଗୋଡ ଖସିଯିବାରୁ ଏହି ଅଘଟଣ ଘଟିଥିଲା । ଉକ୍ତ ଘଟଣାକୁ ନେଇ ନେଇ ଏବେ ବି ସେବାୟତ ଓ ଭକ୍ତ ମହଲରେ ଆଶଙ୍କା ଦେଖିବାକୁ ମିଳିଛି । କାହିଁକି ପ୍ରଭୁଙ୍କ ସେବାରେ ଏପରି ବ୍ୟତିକ୍ରମ ଘଟିଲା ତାହାକୁ ନେଇ ସମସ୍ତେ ଭୟରେ ରହିଛନ୍ତି ।ତେବେ ଏହା ମଧ୍ୟରେ ପୁଣି ଘଟିଛି ଆଉ ଏକ ବଡ ଅଘଟଣ । ରଥଖଳା ପାଲଟି ଯାଇଛି ରଥକ୍ଷେତ୍ର, ଆଉ କିଛି ଅଣସେବାୟତଙ୍କ ମାଡରେ ସେବାୟତ ଆହତ ହୋଇଛନ୍ତି । ଏହି ଘଟଣାର ଭିଡିଓ ଏବେ ସାମ୍ନାକୁ ଆସିବା ପରେ ପୁଣି ଥରେ ଭକ୍ତଙ୍କ ମନରେ ଭୟ ସୃଷ୍ଟି ହୋଇଛି । ସୋମବାର ଦିନ ବିଳମ୍ବିତ ରାତିରେ ରଥଟଣା ସରିବା ପରେ ଯାଜପୁର ଜିଲ୍ଲାରେ ଏପରି ଏକ ଅଘଟଣ ଘଟିଥିଲା । ସୁକିନ୍ଦା ଥାନା ଠାରୁ ମାତ୍ର ୫୦ କିମି ଦୂରରେ ଥିବା ଶ୍ରୀଗୁଣ୍ଡିଚା ମନ୍ଦିର ନିକଟରେ ରଥ ଛିଡା ହୋଇଥିବା ସମୟରେ ତିନି ଠାକୁରଙ୍କୁ ମାଉସୀ ମା' ଗୁଣ୍ଡିଚାଙ୍କ ମନ୍ଦିରକୁ ନେବାକୁ ସେବାୟତମାନେ ପ୍ରସ୍ତୁତି ଆରମ୍ଭ କରିଥିଲେ । ତେବେ ଏହି ସମୟରେ ସୁକିନ୍ଦା ଗଡର କିଛି ଅଣ ସେବାୟତ ନିଜକୁ ସେବାୟତର ପରିଚୟ ଦେଇ ତିନି ଠାକୁରଙ୍କୁ ରଥ ତଳକୁ ଓହ୍ଲାଇବା ପାଇଁ ଜିଦ୍ କରିଥିଲେ । ଏହାକୁ ସେବାୟତମାନେ ବିରୋଧ କରିଥିଲେ ।

## ୪ ଗ୍ରାମବାସୀଙ୍କୁ ଅପହରଣ କଲେ ନକ୍ସଲ; ପ୍ରଜାକୋର୍ଟରେ ଜଣକୁ ନିର୍ମମ ଭାବେ ହତ୍ୟା



ମାଲକାନଗିରି,୧୧।୭(ପି.ଏନ): ସୀମାନ୍ତ ଛତିଶଗଡର ସୁକମା ଜିଲ୍ଲାରେ ନକ୍ସଲ ଏବେ ରକ୍ତମୁଖା ହୋଇଛନ୍ତି। ଲଗାତାର ସୁକମା ଜିଲ୍ଲାର ଦୁର୍ଗମ ନକ୍ସଲ ପ୍ରବଣ ଗ୍ରାମର ଲୋକଙ୍କୁ ଟାର୍ଗେଟ କରୁଛନ୍ତି। ପୁଲିସ ଏବଂ ସୁରକ୍ଷାକର୍ମୀ ତରଫରୁ ନକ୍ସଲ କ୍ୟାମ୍ପଗୁଡିକରେ ଚଢ଼ାଉ ହେବା ସହ ନକ୍ସଲଙ୍କୁ ଖୋଜିଖୋଜି ମାରୁଥିବାରୁ ସଂଗଠନରେ ଏବେ ଚିନ୍ତାର ବିଷୟ ପାଲଟିଛି। ପ୍ରାୟ ୧୦ରୁ ୧୫ ଜଣ ସଶସ୍ତ୍ର ନକ୍ସଲ କିଷ୍ଟରାମ ଥାନା ଅନ୍ତର୍ଗତ ସକଲେର ଗ୍ରାମରେ ପହଞ୍ଚିଥିଲେ। ସେହି ଗ୍ରାମର ଚାରି ଜଣ ଗ୍ରାମବାସୀଙ୍କୁ ପ୍ରଜାକୋର୍ଟରେ ହାଜର ପାଇଁ ଡାକି ନେଇଥିଲେ। ଜଂଗଲରେ ପ୍ରଜାକୋର୍ଟ ବସିଥିଲା। ଦୀର୍ଘ ସମୟ ଧରି ଚାରି ଜଣ ନାମରେ ପୁଲିସ ଇନଫର୍ମର ବୋଲି ନକ୍ସଲ ଅଭିଯୋଗ କରିବା ସହ ପ୍ରମାଣିତ କଲେ। ଏହା ପରେ ଚାରି ଜଣଙ୍କୁ ନିର୍ଘୃମ ମାଡ ମରାଯାଇଥିଲା। ପୁଲିସ ସହ ସଂପର୍କ ରଖି ନକ୍ସଲଙ୍କ ଗତିବିଧି ସଂପର୍କରେ ସୂଚନା ଦେଉଥିବା ପ୍ରମାଣିତ ହେବା ପରେ ଏହି ଚାରି ଜଣଙ୍କ ମଧ୍ୟରୁ ମାଡବୀ ରାଜା ରାଓଙ୍କୁ ହତ୍ୟା କରାଯାଇଥିଲା। ପ୍ରଜାଙ୍କ ଆଗରେ ରାଜା ରାଓଙ୍କୁ ନିର୍ମମ ଭାବେ ହତ୍ୟା କରାଯାଇ ଗ୍ରାମବାସୀଙ୍କ ମଧ୍ୟରେ ଆତଙ୍କ ଖେଳାଯାଇଥିଲା। କେହି ଯଦି ଶତ୍ରୁ ସହ ସଂପର୍କ ରଖିବ ତେବେ ଏଭଳି ମୃତ୍ୟୁ ଦଣ୍ଡ ପାଇବ ବୋଲି ନକ୍ସଲ ଚେତାବନୀ ଦେଇଥିଲେ। ଅନ୍ୟ ତିନିଜଣଙ୍କୁ ଛାଡିଥିଲେ ମଧ୍ୟ ସେମାନେ ଯେପରି ଆଗକୁ ପୁଲିସ ସହ କୌଣସି ସଂପର୍କ ନରଖନ୍ତି ସେନେଇ ତାଗିଦ କରିଥିଲେ।ନକ୍ସଲ ଦ୍ୱାରା ଛଡାଯାଇଥିବା ଅନ୍ୟ ତିନି ଜଣଙ୍କ ଅବସ୍ଥା ଗୁରୁତର ରହିଥିବା ଜଣାପଡିଛି। ନକ୍ସଲ ଏବେ ବେକଫୁଟରେ ରହିଛନ୍ତି। ଗତ ଏକ ମାସ ମଧ୍ୟରେ ୧୪୦ ଜଣ ନକ୍ସଲଙ୍କର ମୃତ୍ୟୁ ସଂଗଠନକୁ ଦୁର୍ବଳ କରିଦେଇଛି। ଏଥିସହ ପ୍ରତି ମାସରେ ନକ୍ସଲ ସଂଗଠନ ଛାଡି ମୁଖ୍ୟସ୍ରୋତରେ ସାମିଲ ହେଉଛନ୍ତି। ସଂଗଠନକୁ ବିପଦ ମାଡିଆସୁଥିବା ଜାଣି ନକ୍ସଲ ଏବେ ଗ୍ରାମବାସୀଙ୍କୁ ଟାର୍ଗେଟ କଲେଣି। ନିରୀହ ଗ୍ରାମବାସୀଙ୍କୁ ପ୍ରତିଦିନ ହତ୍ୟା କରୁଛନ୍ତି। ପୁଲିସ ଘଟଣା ସଂପର୍କରେ ଅବଗତ ହେବା ପରେ ସର୍ଚ୍ଚ ଅପରେସନକୁ ଜୋରଦାର କରିଛି।

## ନକଲି ଜର୍ଦ୍ଦା କାରଖାନା ଠାବ, ନାମିଦାମି ଲୋଗୋ ଓ ଷ୍ଟିକର ଜବତ



ଭଦ୍ରକ,୧୧।୭(ପି.ଏନ): ଆଜି ଭଦ୍ରକ ପୁରୁଣାବଜାର ଥାନା ହେଲାସାହିରୁ ନକଲି ଜର୍ଦ୍ଦା କାରଖାନା ଠାବ କରିଛି ପୋଲିସ। ନକଲି ଜର୍ଦ୍ଦା କାରଖାନାରୁ ପ୍ରାୟ ୬୫ ଲକ୍ଷ ଟଙ୍କାର ନକଲି ଜର୍ଦ୍ଦା ପୋଲିସ ଜବତ କରିଛି । ଚଢ଼ାଉ ସମୟରେ ନାମିଦାମି ଲୋଗୋ, ଷ୍ଟିକର ଓ ଅନ୍ୟାନ୍ୟ ସାମଗ୍ରୀ ମଧ୍ୟ ଜବତ କରାଯାଇଥିବା ସୂଚନା ମିଳିଛି ।

## ନିଇଟି-ୟୁଜି ପ୍ରଶ୍ନପତ୍ର ଲିକ୍ ମାମଲା; ପାଟନାରୁ କିଙ୍ଗପିନଙ୍କୁ ବାନ୍ଧିଲା ସିବିଆଇ




ଭୁବନେଶ୍ୱର,୧୧।୭(ପି.ଏନ୍): ନିଇଟି-ୟୁଜି ପ୍ରଶ୍ନପତ୍ର ଲିକ୍ ମାମଲାର କିଙ୍ଗପିନ୍ ଗିରଫ। ଆଜି ସିବିଆଇ ବିହାରର ବିଭିନ୍ନ ସ୍ଥାନରେ ଛାପା ମାରି ପାଟନାରୁ ମୁଖ୍ୟ ଅଭିଯୁକ୍ତ ରାକେଶ ରଞ୍ଜନ ଓରଫ୍ ରକିଙ୍କୁ ଗିରଫ କରିଛି।ଗିରଫ ପରେ ପାଟନା ଏବଂ କୋଲକାତାର ବିଭିନ୍ନ ସ୍ଥାନରେ ତଦନ୍ତ କରିଥିଲା ସିବିଆଇ। ଏହି ସମୟରେ ସିବିଆଇ ହାତରେ ଅନେକ ଗୁରୁତ୍ୱପୂର୍ଣ୍ଣ ଦଲିଲ ଲାଗିଛି। ରକିଙ୍କୁ ଗିରଫ ପରେ ସିବିଆଇ ଆଜି କୋର୍ଟରେ ହାଜର କରିଥିଲା। ବିହାରରେ ହୋଇଥିବା ପେପର୍ ଲିକରେ ରକିର ହାତ ଥିବା ସିବିଆଇ କହିଛି। ଅଧିକ ତଦନ୍ତ ପାଇଁ ସିବିଆଇ ତାଙ୍କୁ ୧୦ ଦିନ ରିମାଣ୍ଡରେ ନେଇଛି।

## ଆଇଏଏସ୍ ସ୍ତରରେ ବଡ ଧରଣର ଅଦଳ ବଦଳ, ଲୋକସେବା ଭବନରୁ ହଟିଲେ ଭିନିଲ କୃଷ୍ଣା ଓ ଜି. ମାଥିଭାଥନନ

ଭୁବନେଶ୍ୱର,୧୧।୭(ପି.ଏନ): ବୁଧବାର ମୋହନ ମାଝୀ ସରକାରରେ ପ୍ରଥମ ଥର ପାଇଁ ଆଇଏଏସ୍ ସ୍ତରରେ ବଡ ଧରଣର ଅଦଳ ବଦଳ ଦେଖିବାକୁ ମିଳିଛି । ପୂର୍ବତନ ସରକାରଙ୍କ କ୍ଷମତାଶାଳୀ ଆଇଏଏସ୍ ଅଧିକାରୀଙ୍କୁ ବଡ ଝଟକା ଲାଗିଛି । ତେବେ ବୁଧବାର ବିଳମ୍ବିତ ରାତି ଅର୍ଥାତ ଜୁଲାଇ ୧୦ରେ ପ୍ରଶାସନିକ ସ୍ତରରେ ହୋଇଥିବା ଅଦଳ ବଦଳକୁ ନେଇ ଚର୍ଚ୍ଚା ଜାରି ରହିଛି । ଆଇଏଏସ୍ ସ୍ତରରେ ହୋଇଥିବା ଅଦଳ ବଦଳକୁ ନେଇ ପ୍ରଶାସନ ବିଭାଗ ପକ୍ଷରୁ ଏକ ବିଜ୍ଞପ୍ତି ଜାରି କରାଯାଇଛି । ଏହି ବିଜ୍ଞପ୍ତି ଅନୁଯାୟୀ ୨୦୦୫ ବ୍ୟାଚ୍‌ର ଆଇଏଏସ୍ ଭିନିଲ କ୍ରିଷ୍ଣାଙ୍କୁ କ୍ରୀଡା ବିଭାଗରୁ ବଦଳି କରାଯାଇଛି । ତାଙ୍କୁ ଭୂମି ଅଭିଲେଖ ଓ ବନ୍ଦୋବସ୍ତ କମିଶନର ଭାବେ ନିଯୁକ୍ତି ମିଳିଛି । ତାଙ୍କ ସ୍ଥାନରେ ୧୯୯୯ ବ୍ୟାଚ୍ ଆଇଏଏସ୍ ଭାସ୍କର ଜ୍ୟୋତି ଶର୍ମାଙ୍କୁ କ୍ରୀଡା ବିଭାଗର ସଚିବ ଦାୟିତ୍ୱ ମିଳିଛି । ସେହିପରି ମୁଖ୍ୟମନ୍ତ୍ରୀଙ୍କ ଅତିରିକ୍ତ ମୁଖ୍ୟ ସଚିବ ୧୯୯୩ ବ୍ୟାଚ୍‌ର ଆଇଏଏସ୍ ନିକୁଞ୍ଜ ବିହାରୀ ଧଳଙ୍କୁ ଇଡକୋର ଅଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି । ୧୯୯୫ ବ୍ୟାଚ୍‌ର ଆଇଏଏସ୍ ଇଡକୋର ଚେୟାରମ୍ୟାନ ପଦରୁ ହେମନ୍ତ ଶର୍ମାଙ୍କୁ ହଟାଯାଇଛି । ସେ ଏମଏସଏମଇ ବିଭାଗରେ ଅତିରିକ୍ତ ଦାୟିତ୍ୱ ତୁଲାଇବେ । ୧୯୯୩ ବ୍ୟାଚ୍‌ର ଆଇଏଏସ୍ ସୁରେନ୍ଦ୍ର କୁମାର ସାଧାରଣ ପ୍ରଶାସନ ବିଭାଗ ସହିତ ସଂସଦୀୟ ବ୍ୟାପାର ସଚିବ ଦାୟିତ୍ୱ ମିଳିଛି। ୧୯୯୪ ବ୍ୟାଚ୍‌ର ଆଇଏଏସ୍ ଜି ମାଥିଭାଥନନଙ୍କୁ ଗୋପବନ୍ଧୁ ଏକାଡେମୀରେ ନିଯୁକ୍ତି ମିଳିଛି। ସେହିପରି ୧୯୯୬ ବ୍ୟାଚ୍‌ର ଆଇଏଏସ୍ ତଥା OSSSCe ଅଧ୍ୟକ୍ଷ ଶାଶ୍ୱତ ମିଶ୍ରଙ୍କୁ ଅର୍ଥ ବିଭାଗରେ ଅତିରିକ୍ତ ଦାୟିତ୍ୱ ମିଳିଥିବା ବେଳେ ୧୯୯୬ ବ୍ୟାଚ୍‌ର ଆଇଏଏସ୍ ଉଷା ପାଢ଼ୀଙ୍କୁ ଗୃହ ଓ ନଗର ଉନ୍ନୟନ ବିଭାଗର ଅତିରିକ୍ତ ଦାୟିତ୍ୱ ମିଳିଛି । ସେହିପରି ୧୯୯୬ ବ୍ୟାଚ୍‌ର ବିଶାଳ କୁମାର ଦେବଙ୍କୁ ଆଇଟି ବିଭାଗରେ ଅବସ୍ଥାପିତ କରାଯାଇଛି । ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ପୂର୍ବ ସରକାରରେ ବେଶ କ୍ଷମତାଶାଳୀ ଆଇଏଏସ ଥିବା ଜି ମାଥିଭାଥନନ ଓ ଭିନିଲ କ୍ରିଷ୍ଣାଙ୍କୁ ଲୋକସେବା ଭବନ ବାହାରକୁ ପଠାଇ ଦିଆଯାଇଛି । ଉଭୟ ପୂର୍ବ ସରକାରର ଗୁଡବୁକରେ ରହି ଆସୁଥିଲେ କିନ୍ତୁ ନୂଆ ସରକାରରେ ଏହି ପାୱାରଫୁଲ ଅଧିକାରୀଙ୍କ ପ୍ରଭାବକୁ ହ୍ରାସ କରାଯାଇଥିବା କୁହାଯାଉଛି । ଏପରିକି ଆଗକୁ ଆହୁରି ମଧ୍ୟ ବଡ ଧରଣର ଅଦଳବଦଳ ହେବ ବୋଲି ଚର୍ଚ୍ଚା ହେଉଛି । ୧୦ ବର୍ଷ ହେଲା ନଗର ଉନ୍ନୟନ ବିଭାଗରେ ଗାଦି ମାଡି ବସିଥିବା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଜି ମାଥିଭାଥନନ୍‌ଙ୍କୁ ଗୋପବନ୍ଧୁ ଏକାଡେମୀର ମହାନିର୍ଦ୍ଦେଶକ ଭାବେ ନିଯୁକ୍ତି ଦିଆଯାଇଛି ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟ ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। 'ବିବି ହୋ ଐସି'ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ 'ବଜରଙ୍ଗୀ ଭାଇଜାନ୍' ଓ 'ପ୍ରେମରତନ ଧନ ପାୟୋ' ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।



# ପୁରାଣ କାହାଣୀ

## ବିଶ୍ୱ ନିର୍ମାଣର ସ୍ରଷ୍ଟା 'ବିଶ୍ୱକର୍ମା'

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କଡ଼୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନିୟନ୍ତା , ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।



ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୁଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

## ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା'ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ "ଦି ଇଣ୍ଟରଭ୍ୟୁ ଟାଇମ୍ସ" ପରିବାର ତରଫରୁ ସମ୍ମାନଜନକ "ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି" ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସ୍ୱତନ୍ତ୍ର ସଂଖ୍ୟା "ଭିଜନ୍ ଅଫ୍ ଓଡ଼ିଶା-୨୦୧୯" ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ ମାଧମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିକ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।




## ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ିର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

## ଆଜିର ଭାଗ୍ୟ

**ମେଷ**: ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ**: ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ**: ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ**: ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ**: ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା**: ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା**: ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା**: ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ**: ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର**: କର୍ମକ୍ଷେତ୍ରରେ ଧୀରେ ସୁସ୍ତେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ**: ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ**: ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# —'ପ୍ରହେଳିକା'—

ଓହୋ ! ଆଜି ଟିକେ ମନଟା ଶାନ୍ତି ପାଇଲା, ମୁଁ ମୋ ସ୍ୱାମୀ କୁମାରଙ୍କ ସହ ଗାଁରୁ ଫେରିଲି, ଘର ଗଳି ମୋଡରୁ ମୁଁ କାର୍ କାଚ ଖୋଲି ବାସ୍ ଚାହିଁ ରହିଥିଲି ମୋ ପାଖ ଫ୍ଲାଟଟିକୁ ଦେଖିବି। ସେଟା ଘର କମ୍, ପାର୍କ ବେଶୀ ଲାଗେ, ସେ ବଗିଚାର ରଙ୍ଗ ବେରଙ୍ଗୀ ଫୁଲ, ଗଛ, ମହ ମହ ବାସୁଥିବା ମଲ୍ଲି, ଚମ୍ପା ଆଦି ଯେମିତି ମତେ ଖତେଇ ହୁଅନ୍ତି। ହେଲେ ଆଜି ଆଠ ଦିନ ପରେ ଗାଁରୁ ଫେରି ନିଜ ଘର ଆଡେ ନଦେଖି ପାଖ ଘରକୁ ତନଖି କରି ଦେଖିଲି, ଫୁଲ ଗଛ ସବୁ ଝାଉଁଳି ପଡିଛି, ଗେଟ୍‌ରୁ ଘର ଯାଏଁ ପଡିଥିବା ଟାଇଲ୍ ସୁଖିଲା ପତ୍ରରେ ଭରା। ମତେ ଭାରି ଶାନ୍ତି ଲାଗିଲା, ମୋ ଚେହେରାର ସ୍ମିତ ହସ ଦେଖି କୁମାର ପଚାରିଲେ କ'ଣ ନିଜ ଘର ଦେଖି ଖୁସି ହଉଛ ? ମୁଁ କିନ୍ତୁ ମୋ ଖୁସିର କାରଣ ଟା କହିଲି ନାହିଁ, କାରଣ ଆଗରୁ ବହୁଥର ସେ ପାଖ ଘର କଥା କହି ମୋ ସ୍ୱାମୀଙ୍କ ଠାରୁ ପ୍ରବଚନ ଶୁଣି ସାରିଛି। ତେଣୁ ଚୁପ୍ ରହିବା ଶ୍ରେୟ ମଣିଲି।

ମୁଁ ମାନସୀ ଭୁବନେଶ୍ୱର ପୁଣି ଶହିଦନଗରରେ ତିନି ମହଲା କୋଠାର ମାଲିକାଣୀ। ମୋ ଘର ଅଗଣାରେ ବି ବହୁତ ଖାଲି ଜାଗା, ଉପର ଘର ଭଡାଟିଆ ରୁହନ୍ତି, ମୋ ପାଖ ଘରଟା ମୁଁ ଘର ତୋଳିବା ଆଗରୁ ଥିଲା। କେହି ଯିବା ଆସିବା କେବେ ଦେଖିନଥିଲି। ମୋର ଏ ଘରେ ରହିବା ପ୍ରାୟ ୧୦ ବର୍ଷ ହେଲାଣି। ପିଲାମାନେ ବଡ ହୋଇ ଯେଝା ସଂସାର ଧରି ବଡ ବମ୍ବେରେ ତ ସାନ ବାଙ୍ଗାଲୋର୍‌ରେ। ମୋ ସ୍ୱାମୀ ରିଟାୟର୍ଡ୍ ପ୍ରଶାସନିକ ଅଧିକାରୀ। ମୋ ଶାଶୁ ଘରେ ବି ମୋରି ରାଜୁତି, କାରଣ କୁମାର ବାପା ମା'ଙ୍କର ଏକମାତ୍ର ପୁଅ । ମୋର କେମିତି ବାହାଘର ହେଲା, କେତେ ଧନ ସମ୍ପତି ମୋ ବାପା ଦେଇଥିଲେ ଏ ସବୁ ମୁଁ ଆମ କାମବାଲି ମାଧ୍ୟମରେ ଆମ ପର ଆଖ ପାଖରେ ପହଂଚାଇ ଦେଇଛି। ତା'ପରେ ଲାଗେ ସମସ୍ତେ ମତେ ଖୁବ୍ ସମ୍ମାନ ଭରା ଚାହାଣୀରେ ଦେଖନ୍ତି। ପାଖ ଘରଟା ବାସ୍ ଗୋଟେ ମହଲା ଘର, ମୋର ସେ ଗଳିର ଦ୍ୱିତୀୟ ଘର, ଉତରା ପବନ ମୋ ଘରକୁ ବେସ୍ ସୁରୁ ଖୁରୁରେ ଆସେ। ହଠାତ୍ ଦିନେ ସକାଳୁ ଗୋଟେ ଟ୍ରକ୍ ଆସି ରହିଲା। ଧୁମ୍ ଧାମ୍ ଶବ୍ଦରେ ଝରକା ବାଟେ ଦେଖିଲି ସେ ପାଖ ଘରେ ଲୋକ ଆସିଛନ୍ତି ରହିବାକୁ। ସନ୍ଧ୍ୟା ଯାଏଁ ଘରେ ଲୋକ ଯିବା ଆସିବା ଲାଗିଥିଲା ସେ ଘରକୁ। ମନେମନେ ସ୍ଥିର କଲି କାଲି ଯାଇ ସେ ଘରେ କିଏ ରହିଲେ, ସବୁ ବୁଝିବି, ମୋ ଘର କାମବାଲି ଟିକେ ଡେରିରେ ଆସେ। ସେ ଆସିଲେ ତାକୁ ପଠେଇ ସେ ଘର ଲୋକ ଭଡାଟିଆ ନା ନିଜେ ମାଲିକ ବୁଝିନେବି, ଏମିତି ଭାବୁ ଭାବୁ ଚା' କରୁଥିଲି, ରୋଷେଇ ଘର ଝରକା ବାଟେ ଦେଖିଲି ସେ ଘର ଗେଟ୍ ଖୋଲି ଗୋଟେ ମଧ୍ୟ ବୟସ୍କା... ନା' ବୋଧେ ତିରିଷ କି ବତିଷ ବର୍ଷର ବେଶ୍ ଡେଙ୍ଗା, ଗୋରା, ସ୍ତ୍ରୀ ଲୋକଟିଏ କାନ୍ଧରେ ଭ୍ୟାନିଟ୍ ବ୍ୟାଗ ପକାଇ ମୋ ଘର ଆଗଦେଇ ଚାଲିଗଲା। ମୋର ଏଡେ ବଡ ସୁନ୍ଦର ଘର ଆଡେ ଟିକେ ଅନେଇଲାନି ମଧ୍ୟ। ଛାଡ କାମବାଲି ଆସୁ, ସବୁ ଖବର ବୁଝିବି। ବେଶ୍ କିଛି ସମୟ ପରେ ଛବି (ମୋ କାମବାଲି) ଆସିଲା, ସେ ଆସୁ ଆସୁ ତାକୁ ପଠେଇଲି ଯା ପାଖ ଘରେ ବୁଝି ଆସିବୁ କିଏ ରହିଲେ, କ'ଣ କରନ୍ତି ଇତ୍ୟାଦି। ସେ ବି ଖୁବ୍ ଆଗ୍ରହରେ ଗୋଟେ ନୂଆ ଘରେ କାମ ପାଇବା ଆଶାରେ ଚାଲିଲା ତାଙ୍କ ଘର ଆଡେ। ହେଲେ ଦୁଇ ମିନିଟ୍‌ରେ ଫେରି ଆସି କହିଲା ମା' ଘରେ ତ ତାଲା ପଡିଛି, ଆଉ ଗେଟ୍‌ରେ ନାମଫଳକ ବି ନାହିଁ ବାସ୍ ଲେଖା ହୋଇଛି "ଶହିଦ୍ ଭବନ"। ଶୁଣୁ ଶୁଣୁ ମୋ ପାଟିରୁ ବାହାରିଲା ଏ କି ନାମ ! ମୋ ଘର ନାମ "ସ୍ୱାତୀ ନିଳୟ", ମୋ ଶାଶୁଙ୍କ ନା। ଆଉ ଏ କି ଲୋକ ଯେ ଏମିତି ଗୋଟେ ଅପଦସିଆ ନାଁ ଦେଇଛନ୍ତି କେଜାଣି। ଦିନସାରା ମୋର ଟିଭି ସିରିଏଲ, ୟୁ ଟ୍ୟୁବ୍‌ରେ କଟିଲା। ଯେମିତି ପାଂଚ ବାଜିଲା ମୁଁ ମୋ ଘର ବାରଣ୍ଡାରେ ଲାଗିଥିବା ଦୋଳାୟମାନ ଚେୟାରରେ ଆସି ବସି ପଡିଲି। ସେ ପାଖ ଘର ମହିଳା ବୋଧେ କର୍ମଜୀବି, ସେ ଫେରିଲେ ନିଶ୍ଚୟ ମୋର ଏ ବିଶାଳ ଅଟାଳିକା ଆଡେ ଚାହିଁବେ, ଆଉ ମୁଁ ମୌକା ଦେଖି ତା ନାଁ -ଗାଁ ସବୁ ବୁଝିନେବି, ସନ୍ଧ୍ୟା ଗଡିଲାଣି ହେଲେ ସେ ମହିଳାର ଦେଖାନାହିଁ। ବାସ୍ ଉଠି ଘର ଆଡେ ମୁହାଁଇଲା ବେଳକୁ ସେ ମୋ ଗେଟ୍ ସିଧାରେ, ମୁଁ ବାସ୍ ତାକୁ ଚାହିଁ ରହିଲି କି ସେ ମୋ ଘର ଆଡେ ଚାହିଁଲେ ମୁଁ ଗୋଟେ ହସ ଦେବି ଯେ, ସେ ବଳେ ଠିଆ ହେଇ ନମସ୍କାର କରି ଆପେ ଆପେ ତା' ପରିଚୟ ଦେଇ ଦେବ। ହୁଏତ ମୋ ଠାରୁ କିଛି ଟିପ୍‌ସ ନେଇ ପାରେ। ହେଲେ ସେମିତି କିଛି ହେଲାନି, ସେ ନିର୍ବିକାର ଭାବେ ତା' ଘର ଭିତରକୁ ଚାଲିଗଲା, ମୁଁ ମନେ ମନେ କହିଲି କି ଗର୍ବି ସ୍ତ୍ରୀ ଲୋକଟା, ହାତରେ ଚୁଡି ନାହିଁ କି ମଥାରେ ସିନ୍ଦୁର ନାହିଁ, ବୋଧେ ଅଭିଆଡିଟେ। ହଉ କାଲି ଛବି ଆସୁ ! ମୁଁ ମୋ ଘର କାମରେ ଲାଗିଲି, ତା' ପରେ ମୋ ଚିରା ଚରିତ ସିରିୟଲ ଦେଖା। କୁମାର କ୍ଲବ ଯାଇଥିଲେ, ଫେରୁ ଫେରୁ କହିଲେ ଦେଖିଲଣି ମାନସୀ ପାଖ ଘର ଆଗରେ ଟ୍ରଲି ରିକ୍ସାରେ କେତେ ଫୁଲ କୁଣ୍ଡ, ଗଛ ଚାରା ! ମୁଁ ବି ଝରକା ପାଖକୁ ଯାଇ ଦେଖିଲି, ସେ ସ୍ତ୍ରୀ ଲୋକଟି ଚୁଡିଦାର କମିଜ୍‌ଟେ ପିନ୍ଧି ଘର ବାରଣ୍ଡାରେ ଠିଆ ହେଇଛି, ତା' ପାଖରେ ହ୍ୱିଲ୍ ଚେୟାରରେ ଜଣେ ବୟସ୍କ ପୁରୁଷ, ମନେ ମନେ ଭାବିଲି ବାପ-ଝିଅ ହେଇଥିବେ, ହେଲେ ଏତେ ଗୁଡେ ଲାଇଟ୍ କ'ଣ ଲଗେଇଛନ୍ତି ପୁରା ରାସ୍ତା ଯାଏଁ ଆଲୁଅ ପଡୁଛି ! ମୁଁ ତ ପୁରା ଏ ମାମଲାରେ ସିରିୟସ୍। ଯେତିକି କମ୍ ଲାଇଟ୍-ଫ୍ୟାନ ଓ ଟେମ୍ପରେଚର ୪୦ ଡିଗ୍ରୀ ନ ଟପିବା ଯାଏଁ ଏସି ବି ଲଗାଏନି। ସେମିତି ତାଗିଦ୍ ବି ଭଡାଟିଆଙ୍କୁ କରିଛି। ନା' ଲାଇଟ୍ ବାବଦରେ ନୁହେଁ, ସେମାନେ ବିଲ୍ ଦଉଛନ୍ତି, ଜାଳନ୍ତୁ କେତେ ଜାଳିବେ। ପାଣି କିନ୍ତୁ ଦେଖି ଚାହିଁ ଖର୍ଚ୍ଚ କରିବେ କାରଣ ପାଣିଟା ମାଗଣା ଦେବା ଲାଗି ଚୁକ୍ତି କରିଛି ପରା। ହେଲେ ଏ ପାଖ ଘର "ଶହିଦ୍ ଭବନ" ବାଲା କ'ଣ ପାଗଳ କି ? ଏତେ ଲାଇଟ୍, ପୁଣି ଏତେ ଗଛ ଯଦି ଲଗେଇବେ କେତେ ପାଣି ସାରିବେ, ହଉ ତାଙ୍କର ବିଲ୍ ଉଠିବ ମୋର କ'ଣ ଅଛି। ମୁହଁକୁ ବୁଲେଇ ରାତି ଖାଇବା ଲାଗି ବସିଲୁ। କୁମାର ଥଟ୍ଟା କରି କହିଲେ କ'ଣ ପାଖ ଘର ଲୋକେ ତମ ପ୍ରତିପତି ଜାଣିଲେଣି ନା ନାହିଁ ? ମୁଁ ବିରକ୍ତ ହେଇ ଚୁପ୍ ହିଁ ରହିଲି। ଏମିତି ତା' ପରଦିନ ଛବିକୁ ପଠାଇଲି, ସେ ଘର ବିଷୟରେ ବିସ୍ତୃତ ବିବରଣୀ ଆଣିବା ସହ ମୋ ବିଷୟରେ ଟିକେ କହିବ ବୋଲି। ସେ ବେଶ୍ ଅଧ ଘଂଟା ପରେ ଫେରିଲା, ହସ ହସ ମୁହଁରେ କହିଲା ମା' ସେ ଘର ଦିଦି ବହୁତ ଭଲ। ମତେ ଚୌକିରେ ବସିବାକୁ ଦେଲେ, କଫି ବି ଦେଲେ। କାମ କଥା ମନା କଲେ କିନ୍ତୁ କହିଲେ ବଗିଚା କାମରେ ଟିକେ ସାହାଯ୍ୟ କରିବ କି ? ମୁଁ ହଁ କହିଲି, ତାଙ୍କ ବାପାଙ୍କ ଆଡେ ଚାହିଁ ପଚାରିଲେ ବାପା ଦିନ ସାରା ଘରେ ଏକଲା ଲାଗୁଛି କି ଏଠି ? କହିବେ ତ ମୁଁ ଛବି ଭଉଣୀକୁ କହି କାହାକୁ ଘରେ ସନ୍ଧ୍ୟା ଯାଏଁ ରଖିଦେବା। ବାପା ତାଙ୍କର ବି କେତେ ଭଲ, କହିଲେ ନା' ମା ତୁ ତ ସବୁ ହାତ ପାଖେ ଖଞ୍ଜି ଦେଇ ଯାଉଛୁ। ଏ ଝିଅଟି ବାସ୍ ବଗିଚା ଟିକୁ ରଙ୍ଗରେ ଭରିବାରେ ସାହାଯ୍ୟ କଲେ ବହୁତ। ମୁଁ ଅଧାରୁ ତାକୁ ଚୁପ୍ କରେଇ ଟିକେ ରୁକ୍ଷ ଗଳାରେ କହିଲି, ହେ କହ ତା' ନାଁ କ'ଣ ? ବାହା ହେଇଛି କି ନା, କି ଚାକିରୀ... ଆଉ ମୋ ବିଷୟରେ କହିଲୁ କି ନାହିଁ। ଛବିର ହସ ବନ୍ଦ ହେଇଗଲା, କହିଲା ମା' ସେ ଦିଦିର କଥା ଏତେ ସୁନ୍ଦର ଯେ, ମୁଁ ସବୁ ଭୁଲିଗଲି, ହଉ କାଲି ସନ୍ଧ୍ୟା ୫ଟାରେ ତାଙ୍କ ସହ ବଗିଚା କାମ କଲାବେଳେ ବୁଝିନେବି। ବେସ୍ ଛଅଟା ମାସରେ ସେ ବଗିଚା ଗୋଟେ ପାର୍କ ହେଇସାରିଥିଲା। ତା'ର ଖାଲି ନା'ଟି ଛବି ବୁଝିଥିଲା "ସୁଜାତା" ବାକି ସେ କୁଆଡେ କଥା ବେଶି ହୁଏନି। ଛଅ ମାସରେ ବହୁ ଚେଷ୍ଟା ସତ୍ୱେ ସୁଜାତା ଥରେ ବି କଥା ହେଲାନି, ବାସ୍ ତାକୁ ଘରୁ ୯.୩୦ରେ ଯିବା ଓ ୫ ଟାରେ ଫେରି ସନ୍ଧ୍ୟା ୭ଟା ଯାଏଁ ବଗିଚାରେ ଦେଖେ। ରବିବାର ତ ସେ ବାପ-ଝିଅ ଦିନ ସାରା ବଗିଚା କାମରେ ଲାଗିପଡନ୍ତି। ବସନ୍ତ ଋତୁ କ'ଣ ବୋଧେ ମୁଁ ପ୍ରଥମ ଥର ଅନୁଭବ କଲି। ଛାତ ଉପରୁ ତା ବଗିଚାକୁ ଦେଖେ, କେତେ ଫୁଲ, କେତେ ରଙ୍ଗ ବେରଙ୍ଗ ଗଛ। ବାସ୍ନା ବି ଏମିତି ଖେଳେଇ ହେଇଯାଏ କି ମୋ ତିନି ମହଲା ଛାତ ଯାଏଁ ପହଚେଂ। ସେତେବେଳେ ମୁଁ ମୋ ବଗିଚାକୁ ଦେଖେ ୪ ଟା ନଡିଆ ଗଛ। ଆଉ ତା ବଗିଚାରେ ମହ ମହ ବାସ୍ନା ଓ ମୋ ଭଡାଟିଆଠାରୁ ସ୍ୱାମୀ ପର୍ଯ୍ୟନ୍ତ ତା'ର ବଗିଚାର ପ୍ରଶଂସା ମତେ ଯେମିତି କଂଟା ଫୋଡିଲା ଭଳି ଲାଗୁଥିଲା। ମନେ ମନେ କହୁଥିଲି ସୁଜାତା ନା' ରହସ୍ୟମୟୀ। ଏମିତି ଦିନେ ଅଦିନିଆ ଝଡ ବର୍ଷା ହେଲା, ମୁଁ ପବନ ଦେଖି ଖୁସିରେ ଠାକୁରଙ୍କୁ ଧନ୍ୟବାଦ ଦେଲି, ଏଥର ତା ବଗିଚା ଗଲା, ପ୍ରଭୁ ମୋ କଥା ଶୁଣିଲେ। ବଡ ଆନନ୍ଦରେ ରାତି ପାହିବା ଅପେକ୍ଷାରେ ବହୁତ ଡେରିରେ ଶୋଇଲି। ସକାଳୁ ବି ଟିକେ ଡେରି ହେଲା ଉଠିବାରେ । ଉଠି ଦେଖିଲି ମୋ ସ୍ୱାମୀ ବାରଣ୍ଡାରେ କାହାକୁ ଫୋନ୍‌ରେ ଅନୁରୋଧ କରୁଛନ୍ତି, ଯେମିତି ହଉ ୨ଟା ମୁଲିଆ ଦରକାର। ଗଛ ପଡି ରାସ୍ତା ଅବରୋଧ। ମୁଁ ଭିତରୁ ହିଁ ବଡ ପାଟିରେ କହିଲି ତମର ଏତେ କାହା ଲାଗି ଦରଦ ଦେଖେଇବା ଦରକାର ନାହିଁ, ସେ ପାର୍କ କରି ମତେ ଖତେଇ ହେଉଥିଲା, ଏବେ ନିଜେ ଭୋଗୁ। କୁମାର ରାଗି ଉଠି ଫୋନ୍ କାଟି, ମୋ ହାତଧରି ବାରଣ୍ଡାକୁ ଟାଣି ନେଲେ କହିଲେ ଦେଖ....ମୁଁ ତାଟକା ମୋ ଅଗଣାର ନଡିଆ ଗଛରୁ ୨ଟା ମୁଳରୁ ଉପୁଡି ଏମିତି ପଡିଛି ଯେ ଗେଟ୍ ଖୋଲିବା ବି ଅସମ୍ଭବ। ତଥାପି ମୁଁ ଗୋଡ ଟେକି ସେ ଶହିଦ ଭବନ ଆଡେ ଚାହିଁଲି, ଆରେ ଏ କ'ଣ ସେ ସୁଜାତା ଓ ଛବି ଗଡି ପଡିଥିବା କୁଣ୍ଡ ଗୁଡା ସଜାଉଛନ୍ତି, ଆଉ ବାକି ରକମ୍ ରକମ୍ ଫୁଲ ଗଛ ସେମିତି ମତେ ଚାହିଁ ଖତେଇ ହଉଛନ୍ତି। ମନ ମାରି ରହିଲି, ଭଡାଟିଆ ମାନେ ବି ଗୋଟେ ଗୋଟେ କରି ସିଆଡେ ଢ଼ିଳିଲେଣି, କିନ୍ତୁ ମୁଁ ତ ସଂଭ୍ରାନ୍ତ ଘରର, ପୁଣି ମୋ ସ୍ୱାମୀ ପ୍ରଶାସନିକ ଅଧିକାରୀ ଥିଲେ ମୁଁ ବା କାହିଁକି ମୋ ଆଡୁ ଯିବି ! ସେ ଆସୁନି। ବାସ୍ ଏତିକି କନଫର୍ମ ହେଇଥିଲି ସେ ଭଡାଟିଆ ନୁହେଁ, ସେ ବୁଢ଼ା ଘର ମାଲିକ। ବୁଢ଼ା ତ ହ୍ୱିଲ୍ ଚେୟାରରେ ସେଥିଲାଗି ବଢ଼ିଲା ଝିଅକୁ ବୋଧେ ବାହା ନ ଦେଇ ଘରେ ରଖିଛି।

ଦିନେ ସାହସ କରି ପାଚେରି ଏପଟୁ ପାଟି କରି କହିଲି, ଆଜ୍ଞା ମୋ ପାଚେରି ଆଡେ ଆପଣଙ୍କ ଫୁଲ ଲଟା ମାଡୁଛି, ତାକୁ ନିଜ ପଟେ ରଖ, ନ ହେଲେ ଲୁଣ ପାଣି ଢାଳିଦେବି, ସେ କିଛି କହିଲାନି ବାସ୍ ଚାହିଁଲା ଆଉ କହିଲା ହଉ ଆଜ୍ଞା ମୁଁ କାଢ଼ିଦେବି, ସେମାନେ ତ ଗଛ, ସେ ବା କ'ଣ ଜାଣନ୍ତି ବନ୍ଧ ବାଡ ! ହଉ କ୍ଷମା କରିବେ। ତା' ପରେ ଆଉ ସେ କେବେ ନା କଥା ହେଇଥିଲା, ନା ମତେ ମୌକା ଦେଲା କିଛି କହିବାକୁ। ମୋର ମୋ ସ୍ୱାମୀଙ୍କ ସହ ଗାଁକୁ ଯିବାର ଥିଲା, ତ ଛବିକୁ ୧୦ ଦିନ କାମକୁ ନ ଆସିବାକୁ କହି, ଫେରିଲେ ତୋ ଲାଗି ଶାଢ଼ି ଆଣିବି କହିଲି, ସେ ବି ଭାରି ମୁହଁ ଖୋର୍ ସଙ୍ଗେ ସଙ୍ଗେ କହିଲା ନା ମା ଥାଉ, ସୁଜାତା ଦିଦି ଏବେ ୪ ଖଣ୍ଡ ଭଲ ଲୁଗା ଦେଇଛନ୍ତି, ତାକୁ ମୁଁ ବାହା-ବଜାର ଗଲେ ପିନ୍ଧୁଛି। ଆପଣ ଯେଉଁ ଲୁଗା ଦିଅନ୍ତି ସେ ଗୁଡା ବେଶିଦିନ ଘରେ ବି ପିନ୍ଧି ହୁଏନି। ମୁଁ ନିଜକୁ ହାରିବା ଦେଖି ପାରିବିନି, ତ ଛବିକୁ ଧମକଟେ ଦେଲି ଏତେ ଭଲ ସେ ଦିଦି ତ ମୋ ଘର ଓ ମୋ ଭଡାଟିଆଙ୍କ ଘର କାମ ଛାଡି ଦଉନୁ। ସେ ଗୋଡ କଚି ରୋଷେଇ ଘରକୁ ଚାଲିଗଲା। ସକାଳୁ ଆମେ ଦମ୍ପତି ବାହାରେ ବସି ଚାହା ପିଉ। ହେଲେ ଏ ତିନି ମାସରେ ସେ ଶହିଦ ଭବନ ରୁ ଭାସି ଆସୁଥିବା ରକମ-ରକମ ଫୁଲର ବାସ୍ନା ମତେ ଭାରି ଅଣନିଶ୍ୱାସୀ କରି ପକାଉଛି। ଥରେ ଥରେ ତ ତାଙ୍କ ପାଚେରୀ ପାରି ହେଇ ବାଇଗଣୀ ଅପରାଜିତା ଲତା ମୋ ଆଡେ ମାଡି ଆସନ୍ତି ତ ମୁଁ ସିଧା କଇଁଚି ଧରି କାଟି ସେ ଲତା ସବୁ ତାଙ୍କ ପଟକୁ ଫିଙ୍ଗିଦିଏ। ମୁଁ ବାସ୍ ଏସବୁ କରେ କି ସେ ସୁଜାତା ମୋତେ କିଛି କହୁ ଆଉ ମୁଁ ବିଜୟୀ ହେବାର ସ୍ୱାଦଟା ଚାଖେ। ହେଲେ ସେ ଆଉ ତାର ସେ ବୁଢ଼ା ବାପା କିଛି କୁହନ୍ତିନି ବରଂ ହାତ ଯୋଡି ଗଛକୁ କ୍ଷମା ମାଗନ୍ତି, ଗଛ ସହ କଥା ହୁଅନ୍ତି ସତେ କି ତାଙ୍କ ଛୁଆ। ମୋର ଶାଶୁଙ୍କ ଶ୍ରାଦ୍ଧ ଲାଗି ଜାନୁଆରୀ ଶେଷରେ ଗାଁକୁ ଯିବାଟା ଦଶ ବର୍ଷର ଗୋଟେ ରୁଟିନ୍। ଜାନୁଆରୀ ଶେଷ ଶେଷ ଆଉ ତାଙ୍କ ବଗିଚା ଥଣ୍ଡା ପାଗରେ ବେଶ୍ ଫୁଲ ମୟ।

ହେଲେ ଆଜି ୧୦ ଦିନ ପରେ ଫେରି ତା' ବଗିଚା ଅବସ୍ଥା ଦେଖି ବେଶ୍ ଖୁସି ହେଲି। ସନ୍ଧ୍ୟା ଟା ଦେଇସାରି ଛବିକୁ ଫୋନ୍ କଲି ସେ ତୋ ସୁଜାତା ଦିଦି କୁଆଡେ ଗଲେ କି ? ଆଉ ତୁ କ'ଣ ତା' ବଗିଚା ଦେଖା ଶୁଣା କରୁନୁ କି ? ସେ ବହୁ କଷ୍ଟରେ କହିଲା ମା' ମୋ ଦେହ ବହୁତ ଖରାପ, ସୁଜାତା ଦିଦି ଆଉ ତାଙ୍କ ବାପା ଦିଲ୍ଲୀ ଯାଇଛନ୍ତି ବୋଲି କହିଥିଲେ। ମୁଁ ତା କଥା ଅଧାରେ, ରଖି କହିଲି ହଁ ଦିଲ୍ଲୀ ପ୍ରଧାନ ମନ୍ତ୍ରୀ ଡାକିଥିବେ ତାକୁ ଏମିତି ପାର୍କଟେ କରିଛି ବୋଲି ! ହୁଁ ଗାଁକୁ ଯାଇଥିବ, ଲାଜ ଲାଗିବ ବୋଲି ଦିଲ୍ଲୀ କହିଛି, ହଉଛାଡ ତୁ କାଲିଠାରୁ ଆସିଯିବୁ ମୁଁ ଫେରି ଆସିଲିଣି।

ହଠାତ୍ ମୋ ସ୍ୱାମୀ ପାଟି କରି ଡାକିଲେ ଏ ମାନସୀ ଜଲଦି ଆସ, ନିଉଜ ଦେଖ..... ଦେଖ.....ମୁଁ ଅନିଚ୍ଛାରେ ଗଲି, ନିୟୁଜ୍‌ର ଭଲ୍ୟୁମଟା ବଢ଼ାଇ ଦେଲେ ସେ। ଆରେ ଏ କ'ଣ ରାଷ୍ଟ୍ରପତି ଭବନର କ'ଣ ଗୋଟେ ପ୍ରୋଗ୍ରାମ, ଏଁ ଆଗ ଧାଡିରେ କ'ଣ ସେ ସୁଜାତାର ବୁଢ଼ା ବାପା ହ୍ୱିଲ୍ ଚେୟାରରେ ! ମୁଁ ଲଥ୍ କିନା ବସିଗଲି, କାନରେ ଠାଏ ଠାଏ ବାଜୁଥାଏ ଓଡିଶା ମାଟି ଗର୍ବିତ ମେଜର ମନୋଜ ମହାନ୍ତିଙ୍କୁ ପାଇ। ଦେଶ ଲାଗି ଲଢ଼ି ସେ ବମ୍ବେଠାରେ ହୋଇଥିବା ସନ୍ତ୍ରାସବାଦୀଙ୍କ ଗୁଳିମାଡରେ ଟଳିପଡିଲେ, ବାପ-ମାଙ୍କ ଏକମାତ୍ର ପୁଅ, ବାସ୍ ତିନି ମାସର ବୈବାହିକ ଜୀବନ, ସବୁ ପଛରେ ପକାଇ ମେଜର ମନୋଜ ଦେଶ ଲାଗି ଶହିଦ୍ ହୋଇଗଲେ, ଯାହାଙ୍କ ତ୍ୟାଗ ଯୋଗୁ ବମ୍ବେର ଅନେକ ବଡ ବଡ ଧ୍ୱଂସ ହେବାରୁ ରକ୍ଷା ପାଇଗଲା, ତାଙ୍କର ଧର୍ମପତ୍ନୀ ସୁଜାତା ମହାନ୍ତିଙ୍କୁ ରାଷ୍ଟ୍ରପତି ତାଙ୍କ ସ୍ୱାମୀଙ୍କ ପରମବୀର ଚକ୍ର ପ୍ରଦାନ କରୁଛନ୍ତି। ମୋ ଆଖିରୁ ଲୁହ ଝରିବାକୁ ଲାଗିଲା, ସୁଜାତା ମଠା ଶାଢ଼ୀ ସେମିତି ଠାକୁରାଣୀ ପରି ଚେହେରା, ନିର୍ବିକାର ନା ହସ ନା କାନ୍ଦ ରାଷ୍ଟ୍ରପତିଙ୍କଠାରୁ ସ୍ୱାମୀଙ୍କ ଲାଗି ଏତେବଡ ପୁରସ୍କାର ଗ୍ରହଣ କରୁଥିଲା, ଟିଭି ବାଲା ବି ଜୁମ୍ କରି ତା' ମୁହଁ ଆଡେ କ୍ୟାମେରା ଟା କରିଦେଲେ, ତା' ଆଖି ଯେମିତି ମୋ ଆଖିରେ ମିଶି ଯାଉଥାଏ, ଯେମିତି ଏ ଆଖି ମୋତେ ଅନେକ ପ୍ରଶ୍ନ ପଚାରୁଛି, ମୁଁ ଭୋ ଭୋ କି କାନ୍ଦିବାକୁ ଲାଗିଲି, ମୋ ସ୍ୱାମୀ ହତବାକ୍ ହେଇ ପଚାରୁଥିଲେ କ'ଣ ହେଲା ମାନସୀ ? ମୁଁ ସେମିତି କାନ୍ଦି କାନ୍ଦି କହୁଥିଲି ଆମ ନାତି ଯେଉଁ ସ୍କୁଲରେ ପଢୁଛି, ସେ ସ୍କୁଲକୁ ସନ୍ତ୍ରାସବାଦୀଙ୍କ କବଳରୁ ଏଇ ମେଜର ମନୋଜ ହିଁ ରକ୍ଷା କରିଥିଲେ। ସେ ମରି ମୋ ନାତି ପରି କେତେ ଛୁଆଙ୍କୁ ଜୀବନ ଦେଲେ। ଧିକ୍ ମୋ ଜୀବନ, ମାତ୍ର ତିନିମାସର ବିବାହିତା ଗୋଟେ ଶହିଦ୍‌ର ବିଧବା ଆଉ ଶ୍ୱଶୁରଙ୍କ ଦାୟିତ୍ୱ ନେଇ ବାସ୍ ନିଜ ଗଛ ଲତାକୁ ନିଜ ଛୁଆ ଭଳି ସ୍ନେହ ବାଢୁଛି, ବାସ୍ ନିଜ ଭିତର ଦୁଃଖକୁ ରଙ୍ଗ ବେରଙ୍ଗ ଫୁଲ ବଗିଚାରେ ଭରି ସେ ତା ଜୀବନର ବେରଙ୍ଗତାକୁ ଲୁଚାଇ ଚାଲିଥିଲା ଆଉ ମୁଁ କେତେ ନିଚ କଥା ସବୁ ଛି....ଛି.....

ବାସ୍ ସକାଳୁ ଉଠି ଆଉ ଚା ନ କରି ମୋ ସ୍ୱାମୀଙ୍କୁ ଡାକିଲି ଆସ, ସେ ପଚାରିଲେ କୁଆଡେ ? ଶହିଦ୍ ଭବନକୁ ସେ ନ ଫେରିବା ଯାଏଁ, ଆମ ପାଣି ପାଇପ୍‌ଟା ପାଚେରୀ ପାରକରି ବଗିଚାକୁ ଜୀବନ ଦେବା। ମୋ ସ୍ୱାମୀ ତାଟକା... ତଥାପି ଚାଲିଲେ। ମୁଁ ଗଛଗୁଡିକୁ ପାଣି ଦେବାରେ ଲାଗିଲି, ମନେମନେ କହୁଥିଲି ଏ ଶହିଦ୍ ଭବନରେ ଆଉ ଗୋଟେ ଲତାକୁ ବି ମରିବାକୁ ଦେବିନି, ସେତିକି ବେଳେ ଛବି ଆସିଲା, ଆରେ ମା' ଏ କ'ଣ ଆପଣ ଠିକ୍ ଅଛନ୍ତି ତ ? ତାକୁ କହିଲି ହଁ ଏବେ ଠିକ୍ ଅଛି, ଆଗରୁ ସେ ପ୍ରହେଳିକା କାଲି ମୋ ଆଖିରୁ ଲୁହ ହେଇ ବୋହି ଯାଇଛି, ଆ' ତୁ ବି ଲାଗିପଡ, ଘର କାମ ପରେ ହବ। ଏ ଶହିଦ୍ ଭବନ ସବୁ ବେଳେ ଫୁଲ, ପତ୍ର, ରଙ୍ଗ, ବାସ୍ନାରେ ଭରି ରଖିବା ଦାୟିତ୍ୱ ଆମର.......

# ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥର ଶୁଭାରମ୍ଭ



ବାଲେଶ୍ୱର (ପିଏନ୍)- ଶିଶୁ ଶ୍ରମ ନିରାକରଣ, ଶିଶୁମାନଙ୍କ ଅଧିକାର ଏବଂ ବେଆଇନ ଭାବେ ଶିଶୁଙ୍କୁ କାର୍ଯ୍ୟରେ ନିୟୋଜନ ପାଇଁ ଆଇନରେ ରହିଥିବା ଦଣ୍ଡ ବ୍ୟବସ୍ଥା ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ଏକ "ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥ" ଆଜି ପୂର୍ବାହ୍ନରେ ସ୍ଥାନୀୟ ପ୍ରଭାଗୀୟ ଶ୍ରମ ଆୟୁକ୍ତଙ୍କ କାର୍ଯ୍ୟାଳୟରୁ ଯାତ୍ରା ଆରମ୍ଭ କରିଛି । ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଛନ୍ତି । ଓଡିଶା ସରକାରଙ୍କ ଶ୍ରମ ଓ ରାଜ୍ୟ କର୍ମଚାରୀ ବିଭାଗ, ବାଲେଶ୍ୱର ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ଶ୍ରମ ବିଭାଗର ମିଳିତ ଆନୁକୂଲ୍ୟରେ ଶିଶୁ ଶ୍ରମିକ ଉଚ୍ଛେଦ ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିବା ବେଳେ ଏହି ରଥ ଜିଲ୍ଲାର ବିଭିନ୍ନ ସହରାଂଚଳ ଓ ବ୍ଲକ ଗସ୍ତ କରି ଲୋକମାନଙ୍କୁ ଶିଶୁ ଶ୍ରମିକ ନିରାକରଣ ସମ୍ପର୍କରେ ସଚେତନ କରିବ । ୧୪ ବର୍ଷ ପୂର୍ଣ୍ଣ କରି ନ ଥିବା ଶିଶୁଙ୍କୁ କୌଣସି ପ୍ରକାର ବୃତି ଏବଂ ପ୍ରକ୍ରିୟାରେ ତଥା ୧୫ ବର୍ଷରୁ ୧୮ ବର୍ଷ ବୟସର କିଶୋରଙ୍କୁ ବିପଦସଙ୍କୁଳ ବୃତି ଓ ପ୍ରକ୍ରିୟାରେ ନିୟୋଜନ କରିବା ଏକ ଦଣ୍ଡନୀୟ ଅପରାଧ ହୋଇଥିବା ବେଳେ ଏପରି ନିୟୋଜନ କରିଥିବା ବ୍ୟକ୍ତିଙ୍କୁ ୫୦ହଜାର ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହ କାରାଦଣ୍ଡ ପାଇଁ ଆଇନରେ ବ୍ୟବସ୍ଥା ରହିଛି । କିଛି ଦିନର ସଚେତନତା କାର୍ଯ୍ୟକ୍ରମ ପରେ ଜିଲ୍ଲା ଶ୍ରମ ବିଭାଗ ପକ୍ଷରୁ ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନ, କାର୍ଯ୍ୟାଳୟ ଏବଂ ଅନ୍ୟାନ୍ୟ ଅଂଚଳରେ ଚଢଉ ଆରମ୍ଭ କରାଯାଇ ଜିଲ୍ଲାରେ ଶିଶୁ ଶ୍ରମିକଙ୍କ ବାସ୍ତବିକ୍ ସ୍ଥିତିର ଆକଳନ କରାଯିବା ସହିତ ଆଇନ ଉଲ୍ଲଘଂନ କ୍ଷେତ୍ରରେ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରଭାଗୀୟ ଶ୍ରମ ଆୟୁକ୍ତ ଶ୍ରୀ ଅଜୟ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଏହି ଅବସରରେ ଆମ ଜିଲ୍ଲା ତଥା ରାଜ୍ୟକୁ ଶିଶୁ ଶ୍ରମ ମୁକ୍ତ କରିବା ପାଇଁ ଜିଲ୍ଲାପାଳ ଶ୍ରୀ ଚକ୍ରବର୍ତୀ ସମସ୍ତଙ୍କ ସହଯୋଗ କାମନା କରିଥିବା ବେଳେ ଜିଲ୍ଲା ଶ୍ରମ ଅଧିକାରୀ ଶ୍ରୀ ବୃନ୍ଦାବନ ସେଠୀ, ଜିଲ୍ଲା ଶିଶୁ ମଙ୍ଗଳ କମିଟିର ସଦସ୍ୟ, ବିଭିନ୍ନ ଅନୁଷ୍ଠାନର କର୍ମକର୍ତାମାନଙ୍କ ସମେତ ଅନ୍ୟ ବିଭାଗୀୟ ଅଧିକାରୀମାନେ ଆଜିର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# ୫-ଟି ଯୋଜନାରେ ବଦଳୁଛି ସ୍କୁଲର ନକ୍ସା, ସୃଦୃଢ ହେଉଛି ଶିକ୍ଷା ବ୍ୟବସ୍ଥା



ଧର୍ମଶାଳା (ପିଏନ୍): ବିଦ୍ୟାଳୟଗୁଡିକର ଭିତିଭୂମିକୁ ସୁଦୃଢ଼ କରିବା ସହିତ ଛାତ୍ରଛାତ୍ରୀମାନଙ୍କ ପାଇଁ ଶୈକ୍ଷିକ ବାତାବରଣ ସୃଷ୍ଟି କରିବା ଲକ୍ଷ୍ୟରେ ରାଜ୍ୟ ସରକାର ୫-ଟି ମାଧ୍ୟମରେ ସବୁ ପ୍ରକାର ବ୍ୟବସ୍ଥା କରୁଛନ୍ତି। ଏହି ୫-ଟି ମାଧ୍ୟମରେ ରୁପାନ୍ତରିତ ସ୍ମାର୍ଟ କ୍ଲାସ ରୁମରେ ବସି ପାଠ ପଢ଼ିବା ସହିତ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରୁଛନ୍ତି ଛାତ୍ରଛାତ୍ରୀ। ଧର୍ମଶାଳା ବ୍ଲକରେ ପ୍ରଥମ ପର୍ଯ୍ୟାୟରେ ୬ଟି ହାଇସ୍କୁଲ ରୂପାନ୍ତରଣ ହୋଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୨୫ଗୋଟି ବିଦ୍ୟାଳୟର ରୂପାନ୍ତରଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଂଚିଛି। ଚକାଚକ୍ କ୍ଲାସ ରୁମ୍। ରୂପାନ୍ତରିକରଣ ପରେ ବଦଳୁଛି କ୍ଲାସ ରୁମର ନକ୍ସା। ଛାତ୍ରଛାତ୍ରୀମାନଙ୍କ ପଢିବା ପାଇଁ ସୁନ୍ଦର ବେଂଚ୍ ଓ ଡେକ୍ସର ବ୍ୟବସ୍ଥା ସହ ଅତ୍ୟାଧୁନିକ ଜ୍ଞାନ କୌଶଳର ବିନିଯୋଗ ହୋଇଛି। ଏହି ଯୋଜନାରେ ଧର୍ମଶାଳା ବ୍ଲକ ଜାରକା ପଂଚାୟତର ଅମରେଶ୍ୱରୀ ଉଚ୍ଚ ବିଦ୍ୟାଳୟ ସୁନ୍ଦର ପରିବେଶ ସାଙ୍ଗକୁ ଶିକ୍ଷା ପ୍ରତି ପିଲାମାନଙ୍କୁ ଆକୃଷ୍ଟ କଲା ଭଳି ବ୍ୟବସ୍ଥାକରାଯାଇଛି । ଏଠାରେ ଗୁଣାତ୍ମକ ଶିକ୍ଷାର ମାନ ବୃଦ୍ଧି ପାଇଁ ସ୍ମାର୍ଟ କ୍ଲାସ ରୁମ୍, ଇ-ଲାଇବ୍ରେରୀ, ଅତ୍ୟାଧୁନିକ ଲ୍ୟାବ, କମ୍ପ୍ୟୁଟର ହଲର ବ୍ୟବସ୍ଥା ହୋଇଛି। ଡିଜିଟାଲ ବୋର୍ଡରେ ପାଠପଢି ସ୍ମାର୍ଟ ହେଉଛନ୍ତି ଛାତ୍ରଛାତ୍ରୀ। ନୂଆ ରୂପରେ ହାଇସ୍କୁଲ ଝଲସୁଥିବା ବେଳେ କ୍ଲାସ ରୁମରେ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରିଛନ୍ତି ଛାତ୍ରଛାତ୍ରୀ। ରାଜ୍ୟ ସରକାରଙ୍କ ଏଭଳି ଶିକ୍ଷା ବ୍ୟବସ୍ଥାକୁ ପ୍ରଶଂସା କରୁଛନ୍ତି ଅଧ୍ୟୟନରତ ଛାତ୍ରଛାତ୍ରୀ, ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଅଭିଭାବକ। ବିଦ୍ୟାଳୟରେ କେବଳ ପାଠପଢା ନୁହେଁ ଏହି ବ୍ୟବସ୍ଥାରେ ଆନୁସଙ୍ଗିକ ଉପକରଣ ସହ ଶାରିରୀକ ଶିକ୍ଷା ପ୍ରତି ମଧ୍ୟ ଧ୍ୟାନ ଦିଆଯାଉଛି। ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ବିଭିନ୍ନ ସ୍କୁଲର ରୂପାନ୍ତରଣ କାର୍ଯ୍ୟ ବୁଲି ଦେଖିବା ସହିତ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଛନ୍ତି।

# କନକମଂଜରୀ ମହାବିଦ୍ୟାଳୟରେ ଉତ୍ତର କହିଛନ୍ତି ଅଧାପକ



ଘଷିପୁରା (ପିଏନ୍): ଆନନ୍ଦପୁର ଉପଖଣ୍ଡ ଶାଳପଡା ସ୍ଥିତ କନକ ମଂଜରୀ ମହିଳା ମହାବିଦ୍ୟାଳୟରେ ଯୁକ୍ତଦୁଇ ପରୀକ୍ଷା ଚାଲିଥିଲା ଏବଂ ଏହା ହୋଇଥିଲା ଏକ ହବ୍ ସେଣ୍ଟର ଯେଉଁଠି କି ପରୀକ୍ଷାର୍ଥୀଙ୍କୁ ଉତ୍ତର ଡାକି ଦେଇଥିଲେ ଅଧାପକ। ଏଭଳି ଏକ ସଙ୍ଗୀନ ଅଭିଯୋଗ ଇ ମେଲ ଦ୍ୱାରା ଶିକ୍ଷା ବିଭାଗକୁ ଜଣାଇଛନ୍ତି ଜଣେ ଅଭିଭାବକ ଅଳୀ ପ୍ରଧାନ । ଅଭିଯୋଗକାରିଣୀ ଅଳୀ ପ୍ରଧାନଙ୍କ ଝିଅ କହିବା ଅନୁସାରେ କଲେଜରେ ସିସିଟିଭି ଲାଗିଥିବା ସତ୍ତ୍ୱେ ଅଧାପକମାନେ ଉତ୍ତର ଡାକି ଦେଉଥିଲେ। ଫଳରେ ସେମାନେ ୧୫ଜଣ ଝିଅ ଯୁକ୍ତଦୁଇ ପରୀକ୍ଷା ଦେଉଥିବା ବେଳେ ଅସୁବିଧାର ସମ୍ମୁଖୀନ ହୋଇଥିଲେ। ସେହି ୧୫ ଝିଅ ଅଧକ୍ଷ ଶ୍ରୀ ପ୍ରଦୀପ ମହାନ୍ତିଙ୍କୁ ଯାଇ ଅନୁରୋଧ କରିଥିଲେ ଏବଂ ସେହି ୧୫ଜଣ ଝିଅଙ୍କୁ ଅଲଗା ଗୋଟିଏ ରୁମ୍‌ରେ ପରୀକ୍ଷା କରାଇବାକୁ କହିଥିଲେ। କାରଣ ଏଭଳି ଉତ୍ତର ଡାକିଲା ବେଳେ ସେମାନଙ୍କର ଏକାଗ୍ରତା ଭଙ୍ଗ ହେଉଥିଲା। ଅଧକ୍ଷ ଶ୍ରୀ ମହାନ୍ତି ସେହି ଛାତ୍ରୀମାନଙ୍କ କଥାକୁ ଭୃକ୍ଷେପ ନକରିବାରୁ ସେହି ୧୫ଜଣ ଛାତ୍ରୀ ଶିକ୍ଷା ବିଭାଗକୁ ଇମେଲ ଜରିଆରେ ଅଭିଯୋଗ କରିଥିବା ଜଣାପଡିଛି ।

# ଝୁମ୍ପୁରା ପଂଚାୟତ ସମିତିର ବୈଠକ ଅନୁଷ୍ଠିତ



କେନ୍ଦୁଝର (ପିଏନ୍): ଝୁମ୍ପୁରା ପଂଚାୟତ ସମିତି କାର୍ଯ୍ୟାଳୟରେ ନିକଟରେ ଅନୁଷ୍ଠିତ ହୋଇଯାଇଛି ପଂଚାୟତ ସମିତିର ବୈଠକ। ବ୍ଲକ ଅଧ୍ୟକ୍ଷା ମାଳତୀ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପାଟଣା ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡର ଅଧ୍ୟକ୍ଷ ଜଗନ୍ନାଥ ନାଏକ, ସଦର ବିଧାୟକ ମୋହନଚରଣ ମାଝୀ, ସ୍ଥାନୀୟ ବିଡିଓ ବିଜୟ କୁମାର ନାୟକ, ବ୍ଲକ ଉପାଧକ୍ଷ ମାନସରଂଜନ ବିଶ୍ୱାଳ, ଏବିଡିଓ ଚୁନୁ ହାଁସଦାଃ, ସହକାରୀଯନ୍ତ୍ରୀ କୃଷ୍ଣଚନ୍ଦ୍ର ସାହୁ , ବ୍ଲକ ସ୍ତରୀୟ ସମସ୍ତ କନିଷ୍ଠ ଯନ୍ତ୍ରୀ, ଶିଶୁବିକାଶ ବିଭାଗ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ, ଉଦ୍ୟାନ ବିଭାଗ, କୃଷି ବିଭାଗ,ମତ୍ସ୍ୟ ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ଶିକ୍ଷା ବିଭାଗ, ବିଦ୍ୟୁତ ବିଭାଗର ଅଧିକାରୀ ଗଣ ଉପସ୍ଥିତ ରହିଥିଲେ। ବୈଠକରେ ଝୁମ୍ପୁରା ବ୍ଲକର ୨୨ଗୋଟି ଗ୍ରାମ ପଂଚାୟତର ସରପଂଚ, ସମିତି ସଭ୍ୟ/ସଭ୍ୟାଙ୍କ ସହିତ ୩ଟି ଜୋନର ଜିଲା ପରିଷଦ ସଭ୍ୟ ଯୋଗ ଦେଇଥିଲେ । ବୈଠକରେ ମନରେଗା ଏବଂ ଗ୍ରାମାଚଂଳରେ ପାନୀୟ ଜଳ ସମସ୍ୟା ନେଇ ଉଦ୍‌ବେଗ ପାଇଥିବା ବେଳେ ଅଙ୍ଗନବାଡୀ କେନ୍ଦ୍ରଗୁଡିକରେ ନିୟମିତ ଖାଦ୍ୟ ଏବଂ ସଠିକ୍ ପରିମାଣ ଅଣ୍ଡା ଦିଆଯାଉ ନଥିବା ଅଭିଯୋଗ ହୋଇଥିଲା । ଶିକ୍ଷା, ସ୍ୱାସ୍ଥ୍ୟ, ରାସ୍ତା,ଭତା ସମ୍ପର୍କିତ ବିଭିନ୍ନ ପଂଚାୟତ ପ୍ରତିନିଧିଙ୍କ ସମସ୍ୟାଗୁଡିକ ଉପରେ ସବିଶେଷ ଆଲୋଚନା କରାଯାଇ ସମାଧାନ ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବା ପ୍ରସ୍ତାବ ଗୃହିତ ହୋଇଥିଲା।

# ମହିଳାମାନଙ୍କ ରୋଜଗାରର ମାଧ୍ୟମ ସାଜିଛି ଧୂପକାଠି



ଖୋର୍ଦ୍ଧା (ପିଏନ)- ବୋଲଗଡ ବ୍ଲକ ଗେଡିଆପଲ୍ଲୀ ପଂଚାୟତ ଅନ୍ତର୍ଗତ ସାଲତରା ଗ୍ରାମରେ ୨୦୧୮ ମସିହାରୁ ଯାଜ୍ଞସେନୀ ପ୍ରଡ୍ୟୁସର ମହିଳା ଗ୍ରୁପ ଓରମାସ ସହଯୋଗରେ ଭଡାଘରେ ଧୂପକାଠି ତିଆରି କରି ମହିଳାଙ୍କୁ ଆତ୍ମନିର୍ଭରଶୀଳ କରି ପାରିଛି । ଯାହାକି ୬ ଟି ମେସିନରେ ୩୦ ଜଣ ମହିଳା ସିଫ୍ଟ ଅନୁଯାଇ ଦିନକୁ ୩ କ୍ୱିଂଟାଲ ଧୂପକାଠି ବାହାର କରି ଖରାରେ ଶୁଖାଇ ଝୁଣା, ଗୁଗୁଳ, କସ୍ତୁରୀ ଓ ଚନ୍ଦନ ବତୀ କରି ବିଭିନ୍ନ ଓଜନର ପ୍ୟାକେଟ ପ୍ରସ୍ତୁତ କରିଥାନ୍ତି। ଏହା ଅଧକିଲୋ ପ୍ୟାକେଟରେ ୫ଶହ ଧୂପକାଠିକୁ ୧ ଶହ ଟଙ୍କାରେ ବିକ୍ରୀ କରିଥା'ନ୍ତି। ଏହି ବତୀଗୁଡିକ ନିର୍ମାଣରେ ବ୍ୟବହୃତ ହେଉଥିବା କଂଚାମାଲ ଯଥା: ବାଉଁଶକାଠି,କୋଇଲା ଗୁଣ୍ଡ (ଚାର୍ପୁଲ) ଓ ଉଡ ପାଉଡର ଦି ଗ୍ରେଡ(ଜୋଶ ପାଉଡର)କୁ କଟକ ଜିଲ୍ଲା ଜଗତପୁରଠାରୁ ଆଣିଥାନ୍ତି। ଏହା କମ ଦରରେ ଅଧିକ କାଠି ରହିଥିବାରୁ ବିଭିନ୍ନ ବ୍ୟବସାୟୀମାନେ କିଣିନେଇଥାନ୍ତି। ଏତଦ୍‌ବ୍ୟତୀତ ବିଭିନ୍ନ ଜିଲ୍ଲାରେ ହେଉଥିବା ଓରମାସର ପଲ୍ଲିଶ୍ରୀ ମେଳାରେ ଯୋଗଦେଇ ବିକ୍ରୀ କରିଥାନ୍ତି ବୋଲି ସଭାପତି ଝରଣା ଦଳେଇ ଓ ସମ୍ପାଦକ ସୁଶ୍ରୀ ସଙ୍ଗୀତା ନାୟକ କହିଛନ୍ତି। ଯଦି ସରକାରଙ୍କ ପକ୍ଷରୁ ଅଧିକ ସହଯୋଗ ମିଳିବ ତେବେ ନିଯୁକ୍ତିର ହାର ବଢିବା ସହ ଉତ୍ପାଦନ ଶକ୍ତି ବଢିପାରିବ ବୋଲି ସେମାନେ ଆଶା କରିଛନ୍ତି।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪




ଭୁବନେଶ୍ୱର, ୨୦୨୪, ଜୁଲାଇ ୧୨

# ଆଦିବାସୀ ସଂସ୍କୃତିରେ ରଥଯାତ୍ରା



ଅଲେଖ ଚନ୍ଦ୍ର ସାମଲ

ଆଜି ହେଉଛି ବିଶ୍ୱପ୍ରସିଦ୍ଧ ରଥଯାତ୍ରା। ଏହି ଅବସରରେ ଆସନ୍ତୁ ଆଦିବାସୀ ବହୁଳ କେନ୍ଦୁଝର ଜିଲ୍ଲାରେ ଅନୁଷ୍ଠିତ ହେଉଥିବା ରଥଯାତ୍ରା ସମ୍ପର୍କରେ ଛୋଟିଆ ଆଲୋଚନା ରଖିବା। କେନ୍ଦୁଝରର ଶ୍ରୀ ଶ୍ରୀ ବଳଦେବଜୀଉଙ୍କର ପବିତ୍ର ରଥଯାତ୍ରା ନିଆରା। ଆଦିବାସୀ ସଂସ୍କୃତି ସହ ଜଗନ୍ନାଥ ସଂସ୍କୃତିର ଏହି ମିଶ୍ରିତ ପରମ୍ପରା ଏହି ରଥଯାତ୍ରାରେ ପରିଲକ୍ଷିତ ହୋଇଥାଏ। ବିଭିନ୍ନ ସ୍ଥାନମାନଙ୍କରେ ନିର୍ମିତ ରଥ ଠାରୁ କେନ୍ଦୁଝରର ରଥ ସୁଉଚ୍ଚ ଚତୁର୍ଦ୍ଧାମୂର୍ତ୍ତି ଗୋଟିଏ ରଥରେ ବିରାଜମାନ କରି ଶ୍ରୀଗୁଣ୍ଡିଚା ମନ୍ଦିରକୁ ଯାତ୍ରା କରିଥାନ୍ତି। ରଥର ଉପର ଭାଗରେ ବଜରଙ୍ଗବାଲୀ ଶ୍ରୀହନୁମାନ ପତାକା ଧରି ରଥର ମାର୍ଗଦର୍ଶନ କରିଥାନ୍ତି। କେନ୍ଦୁଝରର ବଡ଼ଠାକୁର ବଳଦେବଜୀଉ ହୋଇଥିଲେ ମଧ୍ୟ ରଥର ନାମ ରହିଛି ନନ୍ଦିଘୋଷ। ଏହାର ଉଚ୍ଚତା ୭୪ଫୁଟ ଏବଂ ଗୋଲେଇ ୪୮ଫୁଟ। ଷୋହଳଟି ବଡ଼ ଚକ ଏହି ରଥରେ ଲାଗେ। ରଥ ନିର୍ମାଣ କାର୍ଯ୍ୟରେ ୪୨ଜଣ ବଢ଼େଇ ସେବକ ନିୟୋଜିତ ଥାଆନ୍ତି।

ଶ୍ରୀକ୍ଷେତ୍ର ପୁରୀରେ ଶ୍ରୀଜୀଉମାନଙ୍କର ନବକଳେବର ହେଉଥିବାବେଳେ କେନ୍ଦୁଝରରେ ନବକଳେବର ହୁଏନାହିଁ। ଭୂୟାଁ ଜୁଆଙ୍ଗ ପୀଢ଼ ଅଞ୍ଚଳର ଲୋକମାନଙ୍କ ପାଇଁ ପ୍ରଭୁ ବଳଦେବଜୀଉଙ୍କ ରଥଯାତ୍ରା ଏକ ବଡ଼ ପର୍ବ ଭାବେ ପରିଗଣିତ। ପୂର୍ବ କାଳରୁ ଅଦ୍ୟାବଧି ଭୂୟାଁ ପୀଢ଼ ଅଞ୍ଚଳରୁ କେନ୍ଦୁଝରର ପ୍ରସିଦ୍ଧ ରଥଯାତ୍ରା ପାଇଁ ଶିଆଳି ଲତାରୁ ପ୍ରସ୍ତୁତ ଦଉଡ଼ି ଲୋକେ ଯୋଗାଇ ଆସୁଛନ୍ତି। ଷୋଡଶ ଶତାବ୍ଦୀରୁ ଆରମ୍ଭ ହୋଇଥିବା ଏହି ରଥଯାତ୍ରାରେ ରଥ ପାଇଁ ପ୍ରାୟ ୧ଶହ ଟନରୁ ଅଧିକ କାଠ ଆବଶ୍ୟକ ହୁଏ। କାଠଗୁଡ଼ିକ ଏକଶହ ବର୍ଷରୁ ଅଧିକ ପୁରୁଣା ନହେଲେ ବ୍ୟବହାର ଉପଯୋଗୀ ହୋଇପାରିବ ନାହିଁ ବୋଲି ରଥ କାରିଗରମାନେ ମତ ଦିଅନ୍ତି। ରଥର ଶୀର୍ଷଭାଗରେ ପଞ୍ଚ କଳସ, ଦଧିନଉତି ଏବଂ ନେତ୍ର ରହିଛି। ରଥପାଇଁ ଆବଶ୍ୟକ ହେଉଥିବା ଶାଳ ଏବଂ ଦୋହରା କାଠର ପରିମାଣ ରଥଯାତ୍ରାର ଚାରିମାସ ପୂର୍ବରୁ ବରାଦ ଦେଉଥିବାବେଳେ ବନବିଭାଗ ପକ୍ଷରୁ ଆବଶ୍ୟକ ପରିମାଣର କାଠ ଯୋଗା ଯାଏ। ରଥ ଚକ ସମେତ ଅଖ, ବରାନ୍ଦ, ହାପୁଡ଼ା, ସୁନାନାୟିକା, ଭୂଇଁଘର ଆଦି ରଥ ଅଂଶ ପାଇଁ ଏହି ପୁରୁଣା କାଠ ଆବଶ୍ୟକ ହୋଇଥାଏ। କାଠଗୁଡ଼ିକ ବିଶେଷ କରି କେନ୍ଦୁଝର ଜିଲ୍ଲାର ତେଲକୋଇ ଓ ଭୂୟାଁ ଜୁଆଙ୍ଗ ପୀଢ଼ ରେଞ୍ଜ ଅନ୍ତର୍ଗତ ପୁରୁଷୋତ୍ତମପୁର, ଟେଣ୍ଟେଇନାଳି, ସିନ୍ଦୁରିଆ, କାଳିଆହତା ଓ କାଞ୍ଜିପାଣିରେ ଥିବା ଘଞ୍ଚ ଜଙ୍ଗଲରୁ ଯୋଗାଡ଼ କରାଯାଏ। କେନ୍ଦୁଝର ରଥଯାତ୍ରାର ଅନ୍ୟ ଏକ ବୈଶିଷ୍ଟ୍ୟ ହେଉଛି ନନ୍ଦିଘୋଷ ରଥରେ ଅର୍ଜୁନ ସାରଥି ହୋଇଥିବାବେଳେ କପିଧ୍ୱଜରେ ବଜରଙ୍ଗବାଲୀ ମାର୍ଗଦର୍ଶନ କରିଥାନ୍ତି। ଚାରିଗୋଟି କଳାଧଳା ଘୋଡ଼ା, ବିଭିନ୍ନ ପାର୍ଶ୍ୱ ଦେବଦେବୀ ରଥାରୁଢ଼ ହେଉଥିବାବେଳେ ରଥଯାତ୍ରା ପୂର୍ବଦିନ ରଥ ପ୍ରତିଷ୍ଠା କାର୍ଯ୍ୟ ହୋଇଥାଏ। କେନ୍ଦୁଝର ରଥଯାତ୍ରାରେ ପଡ଼ୋଶୀ ମୟୂରଭଞ୍ଜ, ଝାଡ଼ଖଣ୍ଡ, ପାଲଲହଡ଼ା ଏବଂ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଲକ୍ଷାଧିକ ଭକ୍ତଙ୍କ ସମାଗମ ହୁଏ। ବାହୁଡ଼ାଯାତ୍ରା ପରଦିନ ପ୍ରଭୁ ବଳଦେବଜୀଉ, ଭଉଣୀ ସୁଭଦ୍ରା ଏବଂ ସାନଭାଇ ଜଗନ୍ନାଥଙ୍କର ସୁନାବେଶ ଆୟୋଜିତ ହୋଇଥାଏ। କେନ୍ଦୁଝରର ରାଜନ ବର୍ଗଙ୍କ ପୃଷ୍ଠପୋଷକତାରେ ସୁନାବେଶ ଶ୍ରୀଜୀଉମାନଙ୍କର ଅନୁଷ୍ଠିତ ହୋଇଥିବାବେଳେ ୧୯୬୧ ମସିହାରେ ଶେଷ ଥର ପାଇଁ ଅନୁଷ୍ଠିତ ହୋଇଥିଲା। ୨୦୦୮ରୁ ପୁଣିଥରେ ସୁନାବେଶ ପାଇଁ ଭାରତୀୟ ଷ୍ଟେଟ ବ୍ୟାଙ୍କ କେନ୍ଦୁଝର ଶାଖାରୁ ଅଳଙ୍କାର ଆସିଥିଲା। ଠାକୁରଙ୍କର ୬୩ପ୍ରକାରର ସୁନା ଗହଣା ଥିଲେ ମଧ୍ୟ ମାତ୍ର ୧୫ ପ୍ରକାରର ଅଳଙ୍କାରରେ ପ୍ରଭୁଙ୍କୁ ଆଭୂଷିତ କରାଯାଉଛି। ବିଶେଷକରି ଶ୍ରୀ ବଳଭଦ୍ରଙ୍କର ୧୪ଟି ମୂଲ୍ୟବାନ ପଥର ଖଚିତ ସୁନା ମୁକୁଟ, ଶ୍ରୀଜଗନ୍ନାଥଙ୍କର୧୨ଟି ପଥର ଯୁକ୍ତ ସୁନା ମୁକୁଟ ଦେବୀ ସୁଭଦ୍ରାଙ୍କର ୧୨ଟି ପଥର ଯୁକ୍ତ ସୁନା ମକୁଟ, ପାଞ୍ଚଗୋଟି କିଆପଥର ବିଶିଷ୍ଟ ସୁନା କିରିଟି, ସୁନାର ମରିଚ ହାର, ସାତଗୋଟି ସୁନାର କିରିଟ, ୧୬ଟି ଝରା ସହିତ ଜଗନ୍ନାଥ ଓ ବଳଭଦ୍ରଙ୍କ ସୁନାପେଟି, ୧୭ଟି ଝରା ସହିତ ସୁଭଦ୍ରାଙ୍କର ସୁନାପେଟି, ଦୁଇଯୋଡ଼ା ସୁନା କୁଣ୍ଡଳ, ୫୬ଟି ମୋହର ଓ ୬୦ଟି କର୍ଣ୍ଣ ଥାଇ ଗିରିଗୋଳର ହାର, ୫୧ଟି ରୁଦ୍ରାକ୍ଷ ଯୁକ୍ତ ସୁନା ରୁଦ୍ରାକ୍ଷ ମାଳ, ୫ଟି କିଆପତ୍ର, ଏକଯୋଡ଼ା କୁଣ୍ଡଳ, ଗୋଟିଏ ରୂପା ମୁକୁଟ, ଚାରିଗୋଟି ରୂପା ହାତ, ଚାରିଗୋଟି ରୂପା ଗୋଡ଼ ଓ ଚାରିଗୋଟି ରୂପା ପୟର ଆଦି ଅଳଙ୍କାରରେ ପ୍ରଭୁମାନଙ୍କୁ ସୁସଜ୍ଜିତ କରାଯାଏ। କେନ୍ଦୁଝରର ଦେବୀ ସୁଭଦ୍ରାଙ୍କର ମୁଖମଣ୍ଡଳ ଲୋହିତ ବା ଲାଲ ରଙ୍ଗର ହୋଇଥିବାବେଳେ ରାଜ୍ୟର ଅନ୍ୟ ଜଗନ୍ନାଥ ମନ୍ଦିର ମାନଙ୍କରେ ଦେବୀ ସୁଭଦ୍ରାଙ୍କର ମୁଖମଣ୍ଡଳ ହଳଦୀ ରଙ୍ଗ ହୋଇଥାଏ। କେନ୍ଦୁଝର ଏକ ତନ୍ତ୍ର ପୀଠ ହୋଇଥିବା କାରଣରୁ ଦେବୀଙ୍କର ଏପରି ମୁଖମଣ୍ଡଳ ହୋଇଥିବା କଥା ପୁରୁଖା ବ୍ୟକ୍ତିମାନେ ପ୍ରକାଶ କରିଥାନ୍ତି। ପୁରୀ ଶ୍ରୀକ୍ଷେତ୍ର ଧାମରେ ଜଗନ୍ନାଥଙ୍କର ତୁଳସୀପତ୍ର ପ୍ରିୟ ହୋଇଥିବାବେଳେ କେନ୍ଦୁଝରର ବଡ଼ଠାକୁର ବଳଦେବଜୀଉଙ୍କର ପ୍ରିୟ ଅଁଳା ପତ୍ର ବା ଧାତ୍ରୀ ପତ୍ର।

ପୂର୍ବତନ ଡିଏଫଓ , ପଲାଇ, ବାଲିଚନ୍ଦ୍ରପୁର, ଯାଜପୁର, ଦୂରଭାଷ : ୯୪୩୭୨୫୭୧୨୩

# ଆସନ୍ତୁ ଜୀବନ୍ତ ଈଶ୍ୱରଙ୍କୁ ଛୁଇଁବା

ଜଗତର ନାଥ ମହାପ୍ରଭୁ ଜଗନ୍ନାଥଙ୍କ ବିଶ୍ୱ ପ୍ରସିଦ୍ଧ ଘୋଷ ଯାତ୍ରା ମଧ୍ୟମ ପର୍ଯ୍ୟାୟରେ ପହଞ୍ଚିଛି। ଚଳିତ ବର୍ଷ ରଥାରୂଢ଼ ବଳଭଦ୍ର ପହଣ୍ଡି ବେଳେ ଯେଉଁ ଅଘଟଣର ଆଲୋଚନା ସୃଷ୍ଟି କରିଛନ୍ତି ଏହି ପ୍ରସଙ୍ଗରେ ମନେପଡୁଛି କିଛି ବର୍ଷ ତଳେ ରଥ ଉପରେ ତିନି ବିଗ୍ରହଙ୍କୁ ଭକ୍ତମାନେ ଛୁଇଁବା ଓ ଦର୍ଶନ ପ୍ରସଙ୍ଗରେ ମାନ୍ୟବର ହାଇକୋର୍ଟ ଜଗତ୍‌ଗୁରୁ ଶଙ୍କରାଚାର୍ଯ୍ୟଙ୍କ ମତାମତକୁ ଯଥାର୍ଥ ବିଚାରବୋଧର ଐତିହାସିକ ରାୟ ଦେବା ପରେ ଆପାତଃ ମହାପ୍ରଭୁଙ୍କୁ ଛୁଇଁବା ନେଇ ଏକପ୍ରକାର ଦ୍ୱନ୍ଦ୍ୱାତ୍ମକ ପରିସ୍ଥିତି କିଛିକାଂଶରେ ଦୂର ହୋଇଥିଲା ସତ କିନ୍ତୁ ପ୍ରସଙ୍ଗ ହେଉଛି ଶ୍ରୀଜୀଉଙ୍କୁ ରଥରେ ଛୁଇଁବା ନେଇ ବର୍ଷ ବର୍ଷ ଧରି ତର୍କବିତର୍କ, ଆଲୋଚନା, ମତାମତ ତଥା ପର୍ଯ୍ୟାଲୋଚନାର ଅନ୍ତ ହୋଇନାହିଁ । କିନ୍ତୁ ଚିରସ୍ଥାୟୀ ସମାଧାନର ରାସ୍ତା ବର୍ତ୍ତମାନ ସୁଦ୍ଧା ମିଳିପାରି ନାହିଁ । ଏହା ନିଃସନ୍ଦେହ ହିନ୍ଦୁ ବିଶ୍ୱାସୀ ତଥା ବିଭିନ୍ନ ଧର୍ମର ଉପାସକ ତଥା ଶ୍ରଦ୍ଧାଳୁ ମହାପ୍ରଭୁ ଜଗନ୍ନାଥଙ୍କୁ ସେମାନଙ୍କ ଧର୍ମର ଆରାଧ୍ୟ ଦେବତା ଭାବେ ଗ୍ରହଣ କରିଥାନ୍ତି । ଯାହା ଅର୍ଥ ମହାବାହୁ ହେଉଛନ୍ତି ଏକାଧାରାରେ ବୌଦ୍ଧ, ଜୈନ, ଖ୍ରୀଷ୍ଟ, ରାମ, କୃଷ୍ଣ ଇତ୍ୟାଦି । ଏହାଛଡ଼ା ପ୍ରତିଟି ଓଡ଼ିଆଙ୍କ ପାଇଁ ସେ ହେଉଛନ୍ତି ହୃଦୟେଶ୍ୱର କାଳିଆ ସାଆନ୍ତ (ବାପାଙ୍କ ବାପା) । ଘରର ମୁରବୀ ହିସାବରେ ସେ ସମ୍ବୋଧିତ ହୋଇଥାନ୍ତି । ଦ୍ୱିତୀୟତଃ ସେ ସମସ୍ତଙ୍କ ବିଚାରରେ ମାଦଳ ଭାବରେ ପରିଚିତ । କାରଣ ସ୍ୱୟଂ ସେ ନିଜକୁ ନିଜେ ମାଦଳ ବା ବିକଳାଙ୍ଗ କରି ଗଢ଼ିଥିଲେ । ଏହି ଭାବାବେଗଟି ଉପସ୍ଥାପନ କଲାବେଳେ ମନେପଡୁଛି ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ 'ବନ୍ଦୀର ଆତ୍ମକଥା'ର ସେହି ସ୍ମରଣୀୟ ପଂକ୍ତିଟି 'ଭାରତର ପ୍ରତି ବୃକ୍ଷକଳ୍ପବଟ, ପ୍ରଭୁ ଜଗନ୍ନାଥ ସର୍ବତ୍ର ପ୍ରକଟ'। ଏହା ଏକ ଅଭୂତପୂର୍ବ ସଂଯୋଗ କୁହାଯାଇପାରେ। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଦିବ୍ୟ ନେତ୍ରସ୍ରୋବ ଦିନଟି ହେଉଛି ପୂଣ୍ୟାତ୍ମା ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ପୂଣ୍ୟ ତିଥି। ଆଉ ତିନି ବର୍ଷ ପରେ ତାଙ୍କର ମୃତ୍ୟୁ ଶତବାର୍ଷିକୀ ଅନୁଷ୍ଠିତ ହେବାକୁ ଯାଉଥିବା ସମୟରେ କେଜାଣି କାହିଁକି ଢ଼େର ବର୍ଷ ପରେ ପୂଣ୍ୟାତ୍ମା ଗୋପବନ୍ଧୁଙ୍କ କବି ପ୍ରସିଦ୍ଧି ଆଜିବି ଭାସ୍ୱର, ଅମଳୀନ ଓ ଯୁଗପୋଯୋଗୀ ତଥା ମାନବବାଦୀ ମୂଲ୍ୟଭାବନାର ମୂର୍ତ୍ତିମନ୍ତ ମୂଲ୍ୟାୟନ। ତାଙ୍କର ପ୍ରସିଦ୍ଧ କାବ୍ୟକୃତି ଗୁଡ଼ିକ ଭିତରେ ରହିଛି 'ଧର୍ମପଦ', 'ଅବକାଶ ଚିନ୍ତା', 'କାରା କବିତା' ଓ 'ବନ୍ଦୀର ଆତ୍ମକଥା' ପ୍ରମୁଖ। ତେବେ ବନ୍ଦୀର ଆତ୍ମକଥାରେ ପୂଣ୍ୟାତ୍ମା ଗୋପବନ୍ଧୁ ତାଙ୍କ ଦୃଷ୍ଟିଭଙ୍ଗୀ ଯଥାର୍ଥ ଭାବରେ ଉପସ୍ଥାପନ କରି ଉଲ୍ଲେଖ କରିଛନ୍ତି ଭାରତର ପ୍ରତିଟି ଶିଳା ହେଉଛି ଶାଳଗ୍ରାମ ଆଉ ଭାରତର ପ୍ରତିକ୍ଷେତ୍ର ହେଉଛି ତାଙ୍କର ପ୍ରିୟ ପୁରୀ ଧାମ। ପୂଣ୍ୟାତ୍ମା ଗୋପବନ୍ଧୁ ଯଥାର୍ଥରେ ଥିଲେ ନରନାରାୟଣଙ୍କ ମୂର୍ତ୍ତିମନ୍ତ ପ୍ରତୀକ। ତାଙ୍କ ବିଚାରରେ ଜାତି ଭେଦ କିଛି ନଥିଲା, ତାଙ୍କ ବିଚାରରେ ଜୀବନ୍ତ ଭଗବାନ ଥିଲେ ସମାଜର ପୀଡ଼ିତ ବର୍ଗ, ନିଷ୍ପେସିତ, ଅବହେଳିତ ଓ ଦୁଃଖ ଅଭାବ ଯନ୍ତ୍ରଣାକୁ ନିତିଦିନିଆ ଜୀବନରେ ସାମ୍ନା କରୁଥିବା ମେହନତୀ ଜୀବନମାନେ। ଭାରତର ପ୍ରତିଟି ବୃକ୍ଷ ହେଉଛି କଳ୍ପବଟ ଓ ମହାପ୍ରଭୁ ଶ୍ରୀଜଗନ୍ନାଥ ସବୁଠାରେ ପ୍ରକଟିତ ରହିଛନ୍ତି। ଏହି ଦୃଷ୍ଟିରୁ ଦେଖିବା ପାଇଁ ଗଲେ ପୂଣ୍ୟାତ୍ମା ଏହା ମଧ୍ୟ ଉଲ୍ଲେଖ କରିଛନ୍ତି 'ମୁଁ ଭାରତ ବର୍ଷର ଯେଉଁଠି ଥିଲେ ମଧ୍ୟ ଯେତେ ଦୂର ମୋର ମନେହୁଏ ମୁଁ ଶ୍ରୀମନ୍ଦିରର ନୀଳଚକ୍ର ତଳେ ହିଁ ଅଛି। ପୂଣ୍ୟାତ୍ମା ଉତ୍କଳମଣି ଗୋପବନ୍ଧୁଙ୍କ ଏହି ମହାନ ଭାରତ ଭାବନା ଓ ଦେଶପ୍ରୀତି ତଥା ସମାଜ ପ୍ରତି ଅକୁଣ୍ଠ ଭଲ ପାଇବା ମହାପ୍ରଭୁ କାଳିଆ ସାଆନ୍ତ ଶ୍ରୀଜଗନ୍ନାଥଙ୍କୁ ଏକ ପରିବ୍ୟାପ୍ତ ପରିସରରେ ପ୍ରତିଷ୍ଠିତ କରି ଆମ ଓଡ଼ିଆ ଅସ୍ମିତାକୁ ଏକ ବ୍ୟାପକ ଭିତ୍ତି ଦେଇଛି।



ନାରାୟଣ ଚନ୍ଦ୍ର ବିଶ୍ୱାଳ

ଆସନ୍ତୁ ଛୁଇଁବା ପ୍ରସଙ୍ଗକୁ ନେଇ ମୋ ବିଚାର ଧାରାର ଅନୁଶୀଳନ କରିବା । ଭକ୍ତର ବା ଶ୍ରଦ୍ଧାଳୁର ମନୋବାଞ୍ଛାର ପୂରଣର ଆଶା କିପରି ପୂରଣ ହୋଇଥାଏ ତାହା ସେହି ସର୍ବାନ୍ତରଯ୍ୟାମୀ କାଳିଆ ସାଆନ୍ତ ନିଜେ ହିଁ ଜାଣନ୍ତି । କେତେଜଣ ଛୁଇଁଥିବା ଭକ୍ତର ଆଶା ଓ ବିଶ୍ୱାସ ପୂର୍ଣ୍ଣ କରିଛନ୍ତି ତାହା ତାଙ୍କୁ ହିଁ ଜଣା । ସେହିପରି କିଛି ସେବକଙ୍କ ସ୍ୱାର୍ଥ ସାଧନ, କେତେଜଣ ସେବକଙ୍କର କି ପ୍ରକାର ସ୍ୱାର୍ଥ ସାଧିତ ହୋଇଛି ତାହାମଧ୍ୟ ଜଗତର ନାଥ ଜଗନ୍ନାଥ ଜାଣନ୍ତି । ତେବେ ମହାପ୍ରଭୁଙ୍କୁ ଭାବ ଗଦ୍‌ଗଦ ହୃଦୟ ନେଇ ଛୁଇଁବା ପ୍ରସଙ୍ଗରେ ଅନେକ ହୁଏତ ଜାଣିନଥାନ୍ତି ଯେ ମହାପ୍ରଭୁଙ୍କୁ ଛୁଇଁବା ଓ ଭାବାତୀତ ହୋଇ ଆଲିଙ୍ଗନ କରିବା ଦ୍ୱାରା ସେମାନଙ୍କର ଅଜାଣତରେ ଶ୍ରୀଅଙ୍ଗର ସୌନ୍ଦର୍ଯ୍ୟ ହାନୀ ହୋଇଥାଏ । ପ୍ରକାରାନ୍ତରେ କହିଲେ ମୋ ପ୍ରତ୍ୟକ୍ଷ ଅନୁଭୂତିରୁ ଜାଣିଛି ଶ୍ରୀମୁଖର ରଙ୍ଗ ଲେସି ହୋଇ ବିକୃତ ହୋଇଯାଇଥାଏ । ଦ୍ୱିତୀୟତଃ ଛୁଇଁବା ପ୍ରସଙ୍ଗ ଓ ଛୁଇଁବା ସମୟରେ ଦଇତାପତି ସେବକଙ୍କ ତର୍କ ବିତର୍କକୁ ନେଇ ଅପ୍ରିତୀକର ପରିସ୍ଥିତି ଆଇନ କାନୁନ୍ ସମସ୍ୟା ସୃଷ୍ଟି କରିବାର ବି ସମ୍ଭାବନା ଥାଏ । ସେହିପରି ମହାପ୍ରଭୁଙ୍କୁ ଯେଉଁ ଭକ୍ତମାନେ ଛୁଇଁବାର ସୌଭାଗ୍ୟ ପାଇନଥାନ୍ତି ସେମାନଙ୍କ ମନ ନିଶ୍ଚିନ୍ତ ଊଣା ହୋଇଥାଏ । ସେହିପରି ରଥତଳେ ଥିବା ଜଗନ୍ନାଥପ୍ରେମୀ ମାନେ ଦୂରରୁ ଶ୍ରୀଜିଉଙ୍କୁ ଦେଖିବାରେ ସମସ୍ୟା ସମ୍ମୁଖୀନ ହୋଇଥାନ୍ତି । ସବୁଠାରୁ ବଡ଼କଥା ହେଉଛି ବିଶ୍ୱବ୍ୟାପୀ ଏହି ଭବ୍ୟ କାର୍ଯ୍ୟକ୍ରମର ସିଧାସଳଖ ପ୍ରସାରଣ ବୈଦ୍ୟୁତିକ ଚ୍ୟାନେଲରେ ହେଉଥିବାରୁ ଦୂରନ୍ତରେ ଥିବା ଭକ୍ତମାନେ ମହାପ୍ରଭୁଙ୍କୁ ଭଲ ଭାବରେ ଦେଖିପାରିନଥାନ୍ତି କାରଣ ମହାପ୍ରଭୁଙ୍କ ଅପେକ୍ଷା ନିଜକୁ ପ୍ରଦର୍ଶନ କରିବା ପାଇଁ କିଛି ସେବକମାନେ ବେଶ୍ ପ୍ରସ୍ତୁତ ହୋଇ ଏକପ୍ରକାର ଶ୍ରୀଜିଉଙ୍କୁ ଘୋଡ଼ାଇ ରଖିଥାନ୍ତି କହିଲେ ଚଳେ । ହୁଏତ ଏହାଦ୍ୱାରା କିଛି ଦଇତାପତି ସେବକ ଓ ଜନସାଧାରଣଙ୍କର ମନ ଊଣା ହୋଇଥାଇପାରେ ତେବେ ଏହା ନିଶ୍ଚିନ୍ତ ଭାବରେ ସମାଧାନ ହୋଇପାରିବ । ଶ୍ରୀଜିଉଙ୍କୁ ଦିବ୍ୟସ୍ପର୍ଶ ପାଇଁ ଯେଉଁ ଜଗନ୍ନାଥ ଶ୍ରଦ୍ଧାଳୁମାନେ ଦର୍ଶନ କରି ଘରକୁ ଯାଇଥାନ୍ତି ସେମାନେ ନିଜ ଘରର ଜେଜବାପ ଜେଜେମାଙ୍କର ପାଦଛୁଅନ୍ତୁ ଅଥବା ସେବା କରନ୍ତୁ । ସେମାନେ ହେଉଛନ୍ତି ଆମ ପାଇଁ ଜୀବନ୍ତ ଭଗବାନ । ସେମାନଙ୍କ ପଦସ୍ପର୍ଶ ଓ ସେବା ନିଶ୍ଚୟ ସେହି ମାତ୍ରାରେ ପୁଣ୍ୟ ପ୍ରଦାନ କରିବାକୁ ସମର୍ଥ ହେବ । ଡାକ୍ତରଖାନା ହେଉ ବା ଯେ କୌଣସି ଚିକିତ୍ସାଳୟ ବା ଆଶୁ ଚିକିତ୍ସା ବିଭାଗରେ ସାହାଯ୍ୟ ଓ ସହାୟତାର ହାତ ଚାହୁଁଥିବା ମୁର୍ମୁଷୁ ତଥା ଗୁରୁତର ବିକଳାଙ୍ଗ ରୋଗୀଟିର ସେବା ପାଇଁ ମାନବିକତାର ହାତ ବଢ଼ାଇ ଯଥାର୍ଥ ମାନବୀୟ ମୂଲ୍ୟବୋଧ ଦେଖାନ୍ତୁ । ମୃତ୍ୟୁର ଦ୍ୱାର ଦେଶରେ ଛଟପଟ ହେଉଥିବା ମୁର୍ମୁଷୁକୁ ସେବା ଭଲ ପାଇବା ଦ୍ୱାରା ନିଶ୍ଚିନ୍ତ ଭାବରେ ଦିବ୍ୟ ପ୍ରାପ୍ତି ହୋଇଥାଏ । କାରଣ ସେହିମାନେ ହିଁ ହେଉଛନ୍ତି ଜୀବନ୍ତ ଜଗନ୍ନାଥ । ଡାକ୍ତରୀମତରେ ଅନ୍ୟତମ ଅବତାର ବାମନ ହେଉଛନ୍ତି ବିକଳାଙ୍ଗ । ଏବଂ ଶାସ୍ତ୍ର କହିଥାଏ ଯେ ବାମନ ହେଉଛନ୍ତି ସ୍ୱୟଂ ଜଗନ୍ନାଥ । ସେଇଥିପାଇଁ ଶାସ୍ତ୍ରରେ ଲେଖାଯାଇଛି 'ରଥେତୁ ବାମନଂ... ପୂନର୍ଜନ୍ମ ନ ଲଭ୍ୟତେ' । ଚିକିତ୍ସା ସେବା ପରି ମାନବ ସେବା ହିଁ ମାଧବ ସେବାରେ ଏହି ଲେଖକ ନିଜ ଜୀବନ ନିର୍ବାହ କରୁଥିବା ସମୟରେ ନିଜ ବ୍ୟକ୍ତିଗତ ଅନୁଭୂତିରୁ ବିକଳାଙ୍ଗଙ୍କ ଚିକିତ୍ସା ଓ ପୁନର୍ବାସ ସମ୍ବନ୍ଧୀୟ ଅନେକ ଅନୁଭବ ସେବା କାର୍ଯ୍ୟରେ ସାମିଲ ହେଉଥିବାବେଳେ ସେହି ଅସହାୟ ତଥା ମୁର୍ମୁଷୁମାନଙ୍କର କରୁଣ ଓ ବିକଳ ଚିତ୍ର ଗଭୀର ଭାବରେ ଲେଖାପାତ କରିଛି । ତେଣୁ ଶ୍ରୀଜିଉଙ୍କୁ ଛୁଇଁବା ଅପେକ୍ଷା ଏହି ଜୀବନ୍ତ ଈଶ୍ୱରଙ୍କୁ କେବଳ ଛୁଇଁବା ନୁହଁ କିଛି ଭଲପାଇବା ଓ ସେବା ଦ୍ୱାରା ଆସନ୍ତୁ ଦିବ୍ୟସ । ସ୍ରଷ୍ଟାଙ୍କୁ ନିଜ ହାତ ପାହାନ୍ତାରେ ପାଇ ସେମାନଙ୍କ ସେବା ଦ୍ୱାରା ନିଜ ଜୀବନକୁ ପୁଣ୍ୟମୟ ଗଢ଼ିତୋଳିବା ।

*କଟିକଟା, ମଙ୍ଗଳପୁର, ଯାଜପୁର,*

# ମାଧବ ବିଗ୍ରହ : ନୀଳମାଧବ

'ନୀଳାଚଳ ବରେ ବିପ୍ରା ପୁର ନୀଳାଶ୍ମରୂପ ଧ୍ୱକ,
ଇଦାନୀଂ ତୁ ଜଗନ୍ନାଥୋ ଭାରି ଦାରବ ଲୀଳୟା।'

ଦାରୁଦେବତା ଓ ଶ୍ରୀ ଜଗନ୍ନାଥଙ୍କର ଉତ୍ପତ୍ତି ସମ୍ପର୍କରେ ସ୍କନ୍ଦ ପୁରାଣ, ବିଷ୍ଣୁ ପୁରାଣ ଓ ବ୍ରହ୍ମ ପୁରାଣ ଆଦିରେ ଦିଆଯାଇଥିବା ବିବରଣୀରୁ ଯାହା ଜଣାଯାଏ, ମାଦଳା ପାଞ୍ଜି ସେ ସମ୍ପର୍କରେ ସମ୍ପୂର୍ଣ୍ଣ ନିରବ। କିନ୍ତୁ ଏହି ପୁରାଣ ଗୁଡ଼ିକରେ ଉଲ୍ଲେଖ ଅଛି ଯେ ପ୍ରାଚୀନ କାଳରୁ ପୁରୁଷୋତ୍ତମ କ୍ଷେତ୍ରରେ ପାଷାଣ ବିଗ୍ରହ ନୀଳମାଧବଙ୍କ ପୂଜା ଆରାଧନା ଓ ତାହାଙ୍କ ଅନ୍ତର୍ଦ୍ଧାନ ଏବଂ ଜଗନ୍ନାଥଙ୍କର ଆବିର୍ଭାବ ହୋଇଥିଲା। ସ୍କନ୍ଦ ପୁରାଣରେ ଜଗନ୍ନାଥଙ୍କ ଆବିର୍ଭାବ ସମ୍ପର୍କରେ ଯେଉଁ ବିବରଣୀ ଦିଆଯାଇଛି ତାହା ସ୍ଥଳ ବିଶେଷରେ ପରସ୍ପର ବିରୋଧାତ୍ମକ ମନେ ହୁଏ। ବିବରଣୀରେ କୁହାଯାଇଛି ଯେ ନୀଳମାଧବ ଅନ୍ତର୍ଦ୍ଧାନ ହେବା ପୂର୍ବରୁ ଜଗନ୍ନାଥଙ୍କ ଅସ୍ତିତ୍ୱ ସମ୍ପର୍କରେ ରାଜା ଇନ୍ଦ୍ରଦ୍ୟୁମ୍ନ ସଚେତନ ଥିଲେ। ସେଇଥିପାଇଁ ସେ ତାଙ୍କ ଦରବାରରେ ନିଜର ପୁରୋହିତଙ୍କୁ ଜଗନ୍ନାଥଙ୍କ ସ୍ଥିତି ସମ୍ପର୍କରେ ଅବଗତ କରାଇ ଦେବା ପାଇଁ ଅନୁରୋଧ କରିଛନ୍ତି। ଶ୍ରୀ ପୁରୁଷୋତ୍ତମ କ୍ଷେତ୍ରର ପଶ୍ଚିମ ଦିଗରେ ଥିବା ଶବରପଲ୍ଲୀ ଠାରୁ ଏକପଦୀ ମାର୍ଗରେ ବିଷ୍ଣୁଙ୍କ ଆଳୟକୁ ଗମନ କଲେ ସେଠାରେ ଶଙ୍ଖ-ଚକ୍ର-ଗଦାଧାରୀ ସାକ୍ଷାତ ଜଗନ୍ନାଥ ଅବସ୍ଥାନ କରିଛନ୍ତି ବୋଲି ଜଣାପଡ଼େ। ଇନ୍ଦ୍ରଦ୍ୟୁମ୍ନ ତାହାଙ୍କର ପୁରୋହିତଙ୍କୁ ଅନୁରୋଧ କରିଛନ୍ତି ଯେ ନୀଳକନ୍ଦରରେ ଶ୍ରୀଜଗନ୍ନାଥଙ୍କୁ ଦର୍ଶନ କରି କଟକ ନାମକ ସ୍ଥାନରେ ବାସୋପଯୋଗୀ ସ୍ଥାନ ନିର୍ଣ୍ଣୟପୂର୍ବକ ଯଥାଶୀଘ୍ର ସମ୍ବାଦ ଆସିଲେ ଆମ୍ଭ ମାନଙ୍କର ଇଷ୍ଟିସିଦ୍ଧି ହେବ। ଏଥିରୁ ଜଣାଯାଏ ଯେ ନୀଳମାଧବଙ୍କ ସନ୍ଧାନ ନେବା ପାଇଁ ନିଜ ପୁରୋହିତଙ୍କ ଭ୍ରାତାଙ୍କୁ ପଠାଇବା ପୂର୍ବରୁ ରାଜା ଇନ୍ଦ୍ରଦ୍ୟୁମ୍ନ ସଚେତନ ଥିଲେ ଯେ ଜଗନ୍ନାଥ ନୀଳକନ୍ଦରରେ ପୂଜା ପାଉଛନ୍ତି। ଅଥଚ ସ୍କନ୍ଦ ପୁରାଣର ବର୍ଣ୍ଣାନାନୁଯାୟୀ ପରର୍ତ୍ତୀ ଅବସ୍ଥାରେ ସମୁଦ୍ରରେ ଭାସି ଆସିଥିବା ଦାରୁକୁ ନେଇ ଇନ୍ଦ୍ରଦ୍ୟୁମ୍ନ ଜଗନ୍ନାଥ, ବଳଭଦ୍ର, ସୁଭଦ୍ରା ଓ ସୁଦର୍ଶନ ଆଦି ଚତୁର୍ଦ୍ଧାମୂର୍ତ୍ତିଙ୍କୁ ଗଠନ କରାଇଥିଲେ। ଏହା ପରସ୍ପର ବିରୋଧୀ ବିବରଣୀ ନୁହେଁ କି ? ଯଦି ସମୁଦ୍ରରେ ଭାସି ଆସୁଥିବା ଦାରୁକୁ ନେଇ ପ୍ରଥମଥର ପାଇଁ ଜଗନ୍ନାଥଙ୍କ ମୂର୍ତ୍ତି ଗଠନ କରାଗଲା, ତେବେ ତା ପୂର୍ବରୁ ଇନ୍ଦ୍ରଦ୍ୟୁମ୍ନ ଜଗନ୍ନାଥଙ୍କ ଅସ୍ତିତ୍ୱ ସମ୍ପର୍କରେ ସଚେତନ ହେଲେ କିପରି ? ଏଥିରୁ ମନେହୁଏ ଯେ ଜଗନ୍ନାଥ ପୁରୀରେ ସଂସ୍ଥାପିତ ହେବାପରେ ଅନେକ କାଳ୍ପନିକ ଉପାଖ୍ୟାନମାନ ସୃଷ୍ଟି କରାଯାଇ ଜଗନ୍ନାଥଙ୍କର ପ୍ରାଚୀନତା ଓ ବୈଷ୍ଣବତ୍ୱ ପ୍ରମାଣ କରିବା ପାଇଁ ଉଦ୍ୟମ କରାଯାଇଛି। ଶବରମାନଙ୍କ ଉପାସ୍ୟ ଦେବତା ଜଗନ୍ନାଥଙ୍କୁ ବ୍ରାହ୍ମଣଧର୍ମର ଦେବତା ରୂପେ ଗ୍ରହଣ କରାଗଲାବେଳେ ଏହିପରି କିଛି କାଳ୍ପନିକ ଉପାଖ୍ୟାନର ଆବଶ୍ୟକତା ହୁଏତ ଉପଲବ୍ଧି କରାଯାଇଥିଲା। ସ୍କନ୍ଦ ପୁରାଣ, ବିଷ୍ଣୁପୁରାଣ ଓ ବ୍ରହ୍ମପୁରାଣ ଆଦିରେ ମୂଳତଃ ଇନ୍ଦ୍ରଦ୍ୟୁମ୍ନଙ୍କ କର୍ତ୍ତୃକ ମାଧବ ଉପାସନାର ପ୍ରତୀକ ନୀଳମାଧବଙ୍କର ଅନୁସନ୍ଧାନ, ଅନ୍ତର୍ଦ୍ଧାନ ବିଷୟରେ ବର୍ଣ୍ଣନା ରହିଛି।



ଯୁଧିଷ୍ଠିର ମହାରଣା

ସୋମବଂଶୀ ମାନଙ୍କ ଆବିର୍ଭାବ ସମୟକୁ ସମଗ୍ର ଓଡ଼ିଶାରେ ଦୁଇଟି ଭିନ୍ନ ଭିନ୍ନ ଉପାସନା ମାଧବ ଓ ଜଗନ୍ନାଥ ଉପାସନା ମୁଣ୍ଡ ଟେକି ରହିଥିଲା। ନଦୀ ଓ ସମୁଦ୍ର କୂଳବର୍ତ୍ତୀ ଅଞ୍ଚଳ ମାନଙ୍କରେ ମାଧବ-ଉପାସନା ମୁଣ୍ଡ ଟେକିଥିବାବେଳେ ଅନ୍ୟାନ୍ୟ ଅଞ୍ଚଳମାନଙ୍କରେ ଜଗନ୍ନାଥ ଉପାସନା ଲୋକପ୍ରିୟତା ଲାଭ କରିଥିଲା। ମାଧବ ବ୍ରାହ୍ମଣ୍ୟଧର୍ମାବଲମ୍ବୀମାନଙ୍କ ମଧ୍ୟରେ ଜନପ୍ରିୟତା ହାସଲ କରିଥିବାବେଳେ ଜଗନ୍ନାଥ ପାର୍ବତ୍ୟାଞ୍ଚଳ ମାନଙ୍କରେ ରହୁଥିବା ଆଦିବାସୀ ତଥା ବୌଦ୍ଧ ଧର୍ମାବଲମ୍ବୀ ମାନଙ୍କ ମଧ୍ୟରେ ଲୋକପ୍ରିୟତା ହାସଲ କରିଥିଲା। ପୁରାଣମାନଙ୍କରେ ଏହି ଦୁଇଟି ଉପାସନା ମଧ୍ୟରେ ଏକ ସମନ୍ୱୟ ଆଣି ଜଗନ୍ନାଥଙ୍କୁ ବ୍ରାହ୍ମଣ୍ୟଧର୍ମ ଅନ୍ତର୍ଗତ ଦେବତା ରୂପେ ଚିହ୍ନିତ କରିବା ପାଇଁ ଏକ ସଂଘଟିତ ଉଦ୍ୟମ କରାଯାଇଥିଲା। ଏଇଥିପାଇଁ ଜଗନ୍ନାଥ ସୋନପୁରରେ ପାତାଳି ହୋଇ ରହିଥିବାବେଳେ ତାଙ୍କ ଅବର୍ତ୍ତମାନରେ ଦୈନନ୍ଦିନ ପୂଜାଆରାଧନା ଚଳାଇ ରଖିବା ପାଇଁ ବୌଦ୍ଧ ଗନ୍ଧରାଡ଼ିରେ ନୀଳମାଧବଙ୍କର ଗୋଟିଏ ମନ୍ଦିର କରାଯାଇ ପୂଜାଆରାଧନା କରାଯାଉଥିଲା। ସେହିପରି ଯଯାତିଙ୍କ କର୍ତ୍ତୃକ ଜଗନ୍ନାଥଙ୍କୁ ଉଦ୍ଧାର କରାଯାଇ ପୁରୀ ଶ୍ରୀକ୍ଷେତ୍ରରେ ଅବସ୍ଥାନ ପୂର୍ବକ ମାଧବ ଉପାସନା ସହିତ ଏକତ୍ର କରିଦିଆଯାଇ ଉଭୟ ଉପାସନା ମଧ୍ୟରେ ଏକ ସମନ୍ୱୟ ଆଣିବା ନିମନ୍ତେ ଉଦ୍ୟମ କରାଯାଇଥିଲା। ସେଇଥିପାଇଁ ଅଦ୍ୟାବଧି ପୁରୀ ଶ୍ରୀମନ୍ଦିର ରତ୍ନବେଦୀ ଉପରେ ଉଭୟ ନୀଳମାଧବ ଓ ଜଗନ୍ନାଥଙ୍କ ପୂଜା ଉପାସନା ହେବା ସଙ୍ଗେ ସଙ୍ଗେ ନୀଳମାଧବ ଥାନପତି ଭାବେ ପ୍ରତିଷ୍ଠା ଲାଭ କରିଛନ୍ତି। କିନ୍ତୁ ଜଗନ୍ନାଥ ଓ ନୀଳମାଧବ ପରସ୍ପର ଠାରୁ ପୃଥକ ଓ ସ୍ୱତନ୍ତ୍ର। ଅନେକ ଗବେଷକ ଜଗନ୍ନାଥଙ୍କ ଉତ୍ପତ୍ତି ବିଷୟରେ ଚିନ୍ତା କଲାବେଳେ ନୀଳମାଧବଙ୍କୁ ତାହାଙ୍କ ପୂର୍ବରୂପ ବୋଲି ମତ ଦେଇଛନ୍ତି। ପଣ୍ଡିତ ନୀଳକଣ୍ଠ ଦାସ ଏ ସମ୍ପର୍କରେ ଆଲୋଚନାକରି କହିଛନ୍ତି – 'ଆଦ୍ୟରେ ଏହି ନୀଳ ପ୍ରସ୍ତର ରୂପରେ ଜଗନ୍ନାଥ କେବଳ ନୀଳମାଧବ ନାମରେ ପରିଚିତ ହୋଇଥିଲେ।' ପଣ୍ଡିତ ସୂର୍ଯ୍ୟନାରାୟଣ ଦାସ ଏହି ମତକୁ ସମର୍ଥନ କରି ଉଲ୍ଲେଖ କରିଛନ୍ତି 'ପୁରୁଷୋତ୍ତମ କ୍ଷେତ୍ରରେ ଜଗନ୍ନାଥଙ୍କ ଆବିର୍ଭାବ ପୂର୍ବରୁ ନୀଳମାଧବ ହିଁ ପୀଠଦେବତା ବା ପ୍ରଧାନ ଦେବତା ରୂପେ ପୂଜା ପାଉଥିଲେ। ବଳଭଦ୍ରାଦି ମୂର୍ତ୍ତିମାନଙ୍କର ଆବିର୍ଭାବ ପୂର୍ବରୁ ସ୍ୱୟଂ ନାରାୟଣ ନୀଳମାଧବ ରୂପରେ ପୂଜା ପାଉଥିଲେ ଏବଂ ପ୍ରଳୟକାଳରେ ମଧ୍ୟ ତାଙ୍କର ଅସ୍ତିତ୍ୱ ଥିଲା। ଏଥିରୁ ଜଣଯାଏ ଯେ ସୃଷ୍ଟିର ଆଦ୍ୟରୁ ନାରାୟଣ ଆରାଧନାର ଧାରା ଏହି ନୀଳଗିରିରେ ପ୍ରବାହିତ ହୋଇଚାଲିଛି। ନୀଳମାଧବଙ୍କ ଅନ୍ତର୍ଦ୍ଧାନ ଓ ଜଗନ୍ନାଥଙ୍କ ଆବିର୍ଭାବ ଭିତରେ ଅବଶ୍ୟ କିଛି ସମୟ ଏହି ଧାରା ଖଣ୍ଡିତ ହୋଇଯାଇଥିଲା। ବର୍ତ୍ତମାନ ଜଗନ୍ନାଥ ଯେଉଁଠାରେ ଅଛନ୍ତି, ଠିକ ସେହି ସ୍ଥାନରେ ନୀଳମାଧବଙ୍କ ଆସ୍ଥାନ ଥିଲା ବୋଲି ମନେହୁଏ।' ତେଣୁ ଯଯାତିଙ୍କ ଆବିର୍ଭାବ ପୂର୍ବରୁ ପୁରୀରେ ନୀଳମାଧବଙ୍କ ଉପାସନା ପ୍ରଚଳିତ ଥିଲା। ନୀଳମାଧବ ଅନ୍ତର୍ହିତ ହେବାରୁ ଯଯାତି ଜଗନ୍ନାଥଙ୍କୁ ସୋନପୁରରୁ ଆଣି ପୁରୀରେ ପ୍ରତିଷ୍ଠା କରାଇଥିଲେ।

ଡକ୍ଟର ଭଗବାନ ପଣ୍ଡା 'କପିଳସଂହିତା'ରୁ ଉଦ୍ଧାର କରି ମତବ୍ୟକ୍ତ କରିଛନ୍ତି ଯେ ମାଧବ ହେଉଛନ୍ତି ନୀଳାଚଳପତି ପୁରୁଷୋତ୍ତମ ଜଗନ୍ନାଥ। 'ନୀଳାଚଳ ବରେ ବିପ୍ରା ପୁର ନୀଳାଶ୍ମରୂପ ଧ୍ୱକ, ଇଦାନୀଂ ତୁ ଜଗନ୍ନାଥୋ ଭାରି ଦାରବ ଲୀଳୟା।' (କପିଳ ସଂହିତା)

*ଆଇନଜୀବୀ, ଓଡ଼ିଶା ହାଇକୋର୍ଟ, କଟକ,*

# ମାହାଙ୍ଗା ମାଡ

ଆମ ଦେଶ ତଥା ଆମ ରାଜ୍ୟରେ ଏବେ ସମସ୍ତ ରାସନ ସାମଗ୍ରୀ ଠାରୁ ଆରମ୍ଭ କରି ସବୁଜ ପରିବା ଦର ଅତି ମାତ୍ରାରେ ବଢ଼ି ଚାଲିଛି ଯାହା କୁ ଗରିବ ଓ ମଧ୍ୟବିତ୍ତ ପରିବାରର ଲୋକମାନେ ଅତ୍ୟନ୍ତ ଶୋଚନୀୟ ଅବସ୍ଥା ଭୋଗ କରୁଛନ୍ତି । ଆଗରୁ ଆମ ରାଜ୍ୟରେ ଅନେକ ମାଗଣା ଯୋଜନା ରେ ବିଶେଷ କରି ପ୍ରାୟ କୃଷି ଶ୍ରମିକ ମାନେ ପ୍ରାୟ ଚାଷ କାମ ଛାଡି କେବଳ ମାଗଣା ଉପରେ ନିର୍ଭର କରି ରହିଛନ୍ତି ।ପୁଣି ପ୍ରଧାନମନ୍ତ୍ରୀ ଙ୍କ ନୂଆ ଯୋଜନା ରେ ଆହୁରି ୫ ବର୍ଷ ପାଇଁ ମାଗଣା ରେ ଚାଉଳ ଯୋଗାଇ ଦେବାକୁ ନିୟମ ଆସିଗଲା । ଏଥିରେ ପ୍ରାୟ ୮ .୫ କୋଟି ଲୋକଙ୍କୁ ମାଗଣା ଚାଉଳ ଯୋଗାଇ ଦିଆଯାଉଛି କିନ୍ତୁ ଏସବୁ କିଛି ଲୋକଙ୍କ ପଇସା ଯେଉଁ ମାନେକି ଆୟକର ଦେଉଛନ୍ତି ।ଏହା କୌଣସି ରାଜନୈତିକ ଦଳର ପଇସା ନୁହେଁ । ବିଜେଡି ସରକାର ଦୀର୍ଘ ୨୫ ବର୍ଷ ଶାସନ କରି ଲୋକମାନଙ୍କୁ ପୁରା ଭିକାରୀ ବନେଇ ଦେଇଛନ୍ତି ଓ ଓଡ଼ିଶା କୁ ୫୦ ବର୍ଷ ତଳକୁ ଖସେଇ ଦେଇଛନ୍ତି । ଓଡ଼ିଶାରେ ଯାହା ବା ଚାଷ କାମ ହେଉଥିଲା ଏ ମାଗଣା ଯୋଜନା ସେମାନଙ୍କୁ ପୁରା ପଙ୍ଗୁ କରିଦେଇଛି । ଏହାର ଫଳ ସ୍ୱରୂପ କେବଳ ମଧ୍ୟବିତ୍ତ ପରିବାର ହିଁ ଅତ୍ୟନ୍ତ କଷ୍ଟ ଭୋଗୁଛନ୍ତି ।ଲୋକେ ବ୍ୟବହାର କରିଥିବା ନିତ୍ୟ ନୈମିତ୍ତିକ ଜିନିଷ ର ଅସମ୍ଭବ ଧରଣର ଦର ବୃଦ୍ଧି ପାଇଛି ।ଯେମିତିକି ହରଡ ଡାଲି କିଲୋ ପିଛା ?୨୦୦ ,ମୁଗ ଡାଲି ?୨୦୦ , ବୁଟ ଡାଲି ?୧୫୦ ,ଭଲ ଚାଉଳ ?୪୦ ରୁ ? ୫୦ ଯାହାକି ପ୍ରତିଦିନ ବ୍ୟବହାର ପାଇଁ, ଚିନି ?୬୦ , ବିଭିନ୍ନ ଖାଇବା ତେଲ ? ୨୦୦ ରୁ ନେଇ ୨୫୦ ଯାଏଁ ରହିଛି । ଏହା କିଛି ଉଦାହରଣ ସ୍ୱରୂପ କିନ୍ତୁ ଅନ୍ୟ ସବୁ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଉପରେ ମଧ ଦର ବୃଦ୍ଧି ସହିତ ସବୁଜ ପରିବା ର ଦର ପୁରା ଆକାଶ ଛୁଆଁ କାରଣ ଯେଉଁମାନେ ଚାଷ କରିବା କଥା ସେମାନେ ସବୁ ମାଗଣା ଯୋଜନା ଉପରେ ପୁରା ମାତ୍ରା ରେ ନିର୍ଭର । ଆଉ ଗୋଟିଏ ବଡ କଥା ହେଲା ଯେ ଚାଷୀ ଓ ଚାଷ ପାଇଁ ସରକାର ବହୁତ୍ ବଢିଆ ଯୋଜନା କରିଛନ୍ତି କିନ୍ତୁ ତାହା କେବଳ କାଗଜ କଲମରେ ସୀମିତ ।ଚାଷୀ ଠିକ୍ ସମୟର ଉତ୍ତମ ମଞ୍ଜି , ଚାରା,କୀଟ ନାଶକ ଔଷଧ , ସାର ଇତ୍ୟାଦି ପାଇପାରୁ ନାହିଁ । ଯାହା ବି ଯଦି କୌଣସି ପ୍ରକାରର ପାଇଗଲା ତେବେ ତାହା ଠିକ୍ ଗଜା ଦେଉନି ,ଔଷଧ ରେ ପୋକ ମରୁନାହାନ୍ତି ,ଚାଷୀ ବ୍ୟାଙ୍କ୍ ରୁ ଋଣ ନେବାକୁ ଅନେକ ଶିଡା ଶିଢ଼ି କରିବାକୁ ହେଉଛି ,ବ୍ୟାଙ୍କ୍ ଅଫିସର ଘୁସ ମାଗୁଛନ୍ତି , ଯଦି ଚାଷ ଫେଲ୍ ମାରିଲା ତେବେ ତାହା କିପରି ଭାବରେ ପୁଣି ଚାଷୀ ର ମନୋବଳ କୁ ଠିକ୍ କରିବ ସେଥିପାଇଁ କୌଣସି ଉପାୟ ନାହିଁ ଯାହା ଫଳରେ ଚାଷୀ ଆମ୍ଭହତ୍ୟା କରିବାକୁ ଯାଉଛନ୍ତି । ପ୍ରତି ରାଜ୍ୟରେ କୃଷି ମହାବିଦ୍ୟାଳୟ ଅଛି ତା ଛଡା ଦିଲ୍ଲୀ ରେ ଓ ଓଡ଼ିଶାର କଟକ ଜିଲ୍ଲାର ରେ ଧାନ ଗବେଷଣା କେନ୍ଦ୍ର ମାନ ସରକାର ସ୍ତରରେ ଅଛି ,କୃଷି ବିଭାଗ ରେ ସର୍ବୋଚ୍ଚ କୃଷି ମନ୍ତ୍ରୀ ଠାରୁ ଆରମ୍ଭ କରି ଅନେକ ଉଚ୍ଚ ପଦାଧିକାରୀ,ସେକ୍ରେଟାରୀ ଅଛନ୍ତି । ସେମାନେ କଣ କରିଛନ୍ତି । ଯଦି ପ୍ରତି ସାଂସଦ ଓ ବିଧାୟକ ମାନେ ନିଜ ଅଞ୍ଚଳ ରେ ଚାଷ ଓ ଚାଷୀଙ୍କର ଉନ୍ନତିରେ ସହଯୋଗ କରନ୍ତି ତେବେ ଚାଷୀ ଉନ୍ନତି ର ସୀମା ଛୁଇଁ ପାରନ୍ତା ।ଆଗେ ଓଡ଼ିଶାରେ ଅନେକ ଚିନି କଳ ରୁ ଉତ୍କୃଷ୍ଟ ଧରଣର ଚିନି ଉତ୍ପାଦନ ହେଉଥିଲା ।ଖୋଦ୍ ପୂର୍ବତନ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ନିର୍ବାଚନ ମଣ୍ଡଳୀ ଆସ୍କା ରେ ଥିବା ଚିନି କଳରୁ ଚିନି ବାହାରିବା ସହିତ ତାର ବାଏ ପ୍ରଡକ୍ଟ ଭାବରେ ବିଅର୍ ମଧ୍ୟ ପ୍ରସ୍ତୁତ ହେଉଥିଲା କିନ୍ତୁ ଏବେ ସବୁ ବନ୍ଦ। ଆସ୍କା ସହିତ ,ବରଗଡ଼ ,ନୟାଗଡ଼ ,ରେ ଥିବା ସମସ୍ତ ଚିନି କଳ ବନ୍ଦ୍ । ସେହିପରି ଆମ ରାଜ୍ୟରେ କୋରାପୁଟ ଜିଲ୍ଲାର ଅସଂଖ୍ୟ ସପୁରୀ ଚାଷ କରି ଆଦିବାସୀ ମାନେ ବାହାର ରାଜ୍ୟ ର ବେପାରୀ ମାନଙ୍କୁ ଅତି ଶସ୍ତାରେ ବିକି ଦେଉଛନ୍ତି କାରଣ ଓଡ଼ିଶାରେ ଏହାର କୌଣସି ପ୍ରସେସିଂ ୟୁନିଟ ନାହିଁ । ଏଥିରୁ ମଧ ଲୋକଙ୍କୁ ଉତ୍ସାହିତ କରାଇ ସପୁରୀ ରୁ ଅନେକ ଜିନିଷ ଯଥା ସପୁରୀ ସ୍କ୍ୱାସ ,ଜେଲି ,ଆଚାର ,ସ୍ଲାଇଶ ପ୍ରଭୁତି ହୋଇ ପାରନ୍ତା କିନ୍ତୁ ଏସବୁ କାରଖାନା ଏଠାରେ ନ ଥିବାରୁ ଆମେ ବାଧ ହୋଇ ବାହାରୁ କିଣିବାକୁ ହେଉଛି । ସେହିପରି ଢେଙ୍କାନାଳ ରେ ପ୍ରଚୁର ଆମ୍ବ,ଅନୁଗୁଳ ରେ ପିଆଜ ,ରସୁଣ , କୋରାପୁଟ ରେ ଅଦା ଆମଦାନୀ ହୁଏ ଅବଶ୍ୟ ଏସବୁ ଚାଷୀ ମାନେ ନିଜ ପାଖରେ ଥିବା ମଞ୍ଜିକୁ ବାରମ୍ବାର ବ୍ୟବହାର କରି ଚାଷ କରନ୍ତି ଯାହା ଉନ୍ନତ ମାନର ନୁହେଁ କିନ୍ତୁ ଭଲ ଅମଳ ହୁଏ ।ଯେହେତୁ ଶୀତଳ ଭଣ୍ଡାର ର ଅଭାବ ହେତୁ ଚାଷୀ ମାନେ ଅନ୍ୟ ରାଜ୍ୟ ର ଚାଷୀ ମାନଙ୍କୁ ବିକ୍ରି କରିଦେଉଛନ୍ତି ଓ କ୍ଷତି ରେ ପଡୁଛନ୍ତି ।ଏବେ ପୁଣି ଡିଜେଲ ,ପେଟ୍ରୋଲ ,ଓ ପରିବହନ ସାମଗ୍ରୀ ଯଥା ଟାୟାର ମରାମତି ଦର ବୃଦ୍ଧି ପାଇଁ ମଧ୍ୟ ଖାଉଟି ମାନେ ଅଧିକ ବିପର୍ଯ୍ୟସ୍ତ ଅବସ୍ଥାରେ ପଡୁଛନ୍ତି । ଏହି ମାଗଣା ଯୋଜନା କୁ ସମ୍ପୂର୍ଣ୍ଣ ରୂପେ ଆମ ଦେଶରୁ ମୂଳପୋଛ କରିବା ଆବଶ୍ୟକ। ତା ନହେଲେ ଯେପରି ଭାବରେ ଦେଶର ଲୋକ ସଂଖ୍ୟା ବଢ଼ି ବଢ଼ି ଚାଲିଛି ଯାହାର କି କୌଣସି କଟକଣା ନା ଅଛି ସରକାରୀ ସ୍ତରରେ ନା ଅଛି ଦେଶବାସୀ ଙ୍କ ଭିତରେ । ଅନେକ ଚାଷୀ ଚାଷ ଜମିକୁ ବିକି ଦେଉଛନ୍ତି ବିଲଡର ମାନଙ୍କ ଠାରୁ ଅନେକ ପଇସା ପାଇ ।ଏସବୁ ପାଇଁ ସରକାରୀ ସ୍ତରରେ ଏକ ଜବରଦସ୍ତ ନିୟମ ଆସିବା ନିହାତି ଆବଶ୍ୟକ। ଲୋକ ସଂଖ୍ୟା ବୃଦ୍ଧି କୁ ରୋକିବା ପାଇଁ ପରିବାର ନିୟୋଜନ ବାଧ ବାଧକ ,ଚାଷ ଜମିକୁ ବିକ୍ରୀ କରିବାକୁ ସରକାର ଙ୍କ ଅନୁମତି , ଚାଷୀ ତାର ଉତ୍ପାଦ ବିକ୍ରି ନିମନ୍ତେ ସବଜି ମଣ୍ଡି, ର ନିହାତି ଆବଶ୍ୟକ। ଆଉମଧ ସରକାର ଉତ୍ତମ ଛେଳି , ମେଣ୍ଢା,କୁକୁଡ଼ା , ବତକ,ଘୁଷୁରୀ , ଗୁଣ୍ଡୁରି ,ଛତୁ , ଉନ୍ନତ ମାନର ମାଛ ପ୍ରଭୁତି ଚାଷ ଯଦି ଚାଷୀ ମାନଙ୍କୁ ଉତ୍ସାହିତ କରାଇ ଚାଷ କରାଯାଏ ତେବେ ଆମର ଦେଶ ତଥା ରାଜ୍ୟ ମାନେ ଉନ୍ନତି କରିପାରିବେ ।ଖାଲି ଯୋଜନା କଲେ ବା ମାଗଣା ଯୋଜନା କଲେ ପରିବା ଓ ଅନ୍ୟ ରାସନ ସାମଗ୍ରୀ ର ଦର ବୃଦ୍ଧି କମିବ ନାହିଁ ବରଂ ଚାଷୀ ମାନଙ୍କ ସହିତ ସାଧାରଣ ଲୋକଙ୍କୁ ମଧ ଉତ୍ସାହିତ କରାଇ ପାରିଲେ ହିଁ ଏ ସବୁର ସମାଧାନ ହୋଇ ପାରିବ। ସରକାର ମାଗଣା ନ ଦେଇ ଲୋକ ମାନଙ୍କୁ ବିଭିନ୍ନ ଯୋଜନାରେ କାମ କରାଇ ତା ବାବଦ ରେ ସେମାନଙ୍କୁ ଉଚିତ୍ ମୂଲ୍ୟ ପ୍ରଦାନ କରିବା ଦ୍ୱାରା ଚାଷୀ ଙ୍କ ସହିତ ଜନ ସାଧାରଣ ମଧ ଲାଭାନ୍ୱିତ୍ ହୋଇପାରିବେ ଯାହା ଫଳରେ ଦେଶ ତଥା ରାଜ୍ୟ ମାନେ ମଧ ଉନ୍ନତି କରିପାରିବେ ଓ ଦେଶରେ ଖାଦ୍ୟ ସାମଗ୍ରୀ ର ଦରଦାମ ବୃଦ୍ଧି ନିୟନ୍ତ୍ରଣ ହୋଇ ପାରିବ। ଆଉ ଗୋଟିଏ ସବୁଠାରୁ ବଡ କଥା ହେଲା ଯେ ଆମ ଦେଶରେ ଯେ କୌଣସି ସାମାଜିକ ଭୋଜି ଆଦିରେ ଯେଉଁ ଅଯଥା ଖାଦ୍ୟ ବରବାଦ ହେଉଛି ତାହା ପାଇଁ ଏକ ସ୍ୱତନ୍ତ୍ର ନିୟମ ଆସିବା ଦରକାର । ଆମ ଦେଶର ଯେଉଁ ମାନେ କି ତାଙ୍କ ଉତ୍ପାଦ କୁ ଆମକୁ ବିକି ଆମରି ପଇସାରେ କୋଟିପତି ହୋଇଛନ୍ତି ସେମାନଙ୍କ ଭୋଜି ଆଦିରେ ପ୍ରତିଯୋଗିତା କରି କୋଟି କୋଟି ଟଙ୍କା ଖର୍ଚ୍ଚ କରିଛନ୍ତି ତାଙ୍କ ପାଇଁ ଆମ ଦେଶରେ କୌଣସି ପ୍ରତିବନ୍ଧକ ନାହିଁ କାରଣ ସେମାନେ ସବୁ ରାଜନୈତିକ ଦଳକୁ ଚାନ୍ଦା ଦିଅନ୍ତି ଓ ସାଧାରଣ ଜନତା ଦୁଃଖ ଭୋଗ କରନ୍ତି । ଏଥିପାଇଁ ମଧ ସ୍ୱତନ୍ତ୍ର ନିୟମ ଆଣିବା ଦରକାର ।ବଳକା ଖାଦ୍ୟ କିପରି ଉପଯୋଗୀ ହୋଇ ପାରିବ ତାହା ପାଇଁ ମଧ କାନୁନ ଆସିବା ଦରକାର। ତେବେ ଯାଇ ଦରଦାମ ବୃଦ୍ଧିକୁ ନିୟନ୍ତ୍ରିତ କୁ ଆସିବ ଓ ଜନତା ଖୁସି ରେ ରହିବେ ।



ପ୍ରଦୀପ୍ତ କୁମାର କର

*ପ୍ଲଟ ନଂ ୨୫*
*ସୂର୍ଯ୍ୟ ନଗର*
*ଭୁବନେଶ୍ୱର*
*୯୮୬୧୦୭୫୪୦୪.*




## ମୁଖ୍ୟମନ୍ତ୍ରୀଙ୍କ ଉଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ସିଟୁର ସ୍ମାରକପତ୍ର

କେନ୍ଦ୍ରାପଡ଼ା,(ପି.ଏନ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଉଦେଶ୍ୟରେ କେନ୍ଦ୍ରାପଡା ସିଟୁ ପକ୍ଷରୁ ଏକ ସ୍ମାରକପତ୍ର ଅତିରିକ୍ତ ଜିଲ୍ଲାପାଳ ନିଲୁ ମହାପାତ୍ରଙ୍କୁ ଆଜି ପ୍ରଦାନ କରାଯାଇଛି। ସେହି ସ୍ମାରକପତ୍ରରେ ଉଲ୍ଲେଖ ରହିଛି ଯେ ରାଜ୍ୟର ଶ୍ରମଜୀବୀ ଲୋକଙ୍କର ଆଶୁ ଓ ମୌଳିକ ସମସ୍ୟାର ସମାଧାନ ପାଇଁ ସମସ୍ତ ପ୍ରକାର ଉଦ୍ୟମ ମୁଖ୍ୟମନ୍ତ୍ରୀ କରିବେ। ରାଜ୍ୟର ସମୁଦାୟ ଶ୍ରମଜୀବୀ ଜନସଂଖ୍ୟାର ୯୦ ପ୍ରତିଶତରୁ ଉର୍ଦ୍ଧ୍ୱ ଯେଉଁମାନେ ବିଭିନ୍ନ ଘରୋଇ କଳ, କାରାକାନା, ଶିଳ୍ପ, ଖଣିଖାଦାନ, ପୌରସଂସ୍ଥାର ସେବା କ୍ଷେତ୍ରରେ କାମ କରୁଛନ୍ତି। ସେମାନଙ୍କ ଦୈନନ୍ଦିନ ସମସ୍ୟା ଓ ସର୍ବନିମ୍ନ ମଜୁରୀ ଠାରୁ ଆରମ୍ଭ କରି ଶ୍ରମ ଆଇନ ଅନ୍ତର୍ଗତ ସମସ୍ତ ଆଇନଗତ ସୁବିଧା ପାଇବାରୁ ଶ୍ରମିକମାନେ ଯେଉଁଭଳି ବ ିତ ନହୁଅନ୍ତି। ଏଥିସହିତ ସେମାନଙ୍କ ସ୍ମାରକପତ୍ରରେ ଥିବା ଦାବି ଗୁଡିକ ମଧ୍ୟରେ ରାଜ୍ୟରେ ବନ୍ଦ ଥିବା ସମସ୍ତ କଳ କାରାଖାନାକୁ ଖୋଲାଯିବା ସହ ସେସବୁରୁ ଛଟେଇ ହୋଇଥିବା ଶ୍ରମିକ ତଥା ବେକାର ଯୁବକ ଯୁବତୀମାନଙ୍କୁ ନିଯୁକ୍ତି ପ୍ରଦାନ, ଦରବୃଦ୍ଧି ନିୟନ୍ତ୍ରଣ, ଶ୍ରମକୋର୍ଡ ପ୍ରତ୍ୟାହାର କରାଯାଇ ପୁରୁଣା ଶ୍ରମ ଆଇନର ପ୍ରଚଳନ, ଜାତୀୟ ମୁଦ୍ରିକରଣ ପାଇପ୍ ଲାଇନ ଓ ଘରୋକରଣ ବନ୍ଦ କରାଯିବା, ଶ୍ରମିକଙ୍କ ସର୍ବନିମ୍ନ ମଜୁରି ମାସିକ ୨୬ହଜାର ଟଙ୍କା କରାଯିବା, ଠିକାଦାର ବଦଳିଲେ ବି ଠିକା ଶ୍ରମିକ ନିଯୁକ୍ତି ଗ୍ୟାରେ ି କରାଯିବା ପ୍ରଭୃତି ୨୦ଦଫା ଦାବି ରହିଛି। ଜିଲ୍ଲା ସିଟୁ ସମନ୍ୱୟ କମିଟିର ସଂଯୋଜକ ଜଗତଜୀବନ ଦାଶ, ମାଧବ ଦାସ, ଅକ୍ଷୟ କୁମାର ତରାଇ, ଧୀବର କୁମାର ବେହେରା, ନିତ୍ୟାନନ୍ଦ ମହାକୁଳ, ସୁରେନ୍ଦ୍ର ରାଉତ, ଅଶୋକ ନାଥ, ମାନଭଞ୍ଜନ ତ୍ରିପାଠୀ, ନିରାକାର ସାହୁ, ରତ୍ନାକର ମଳିକ, ଅଦୈତ୍ୟ ପ୍ରସାଦ ମଳିକ, ଶାରଦା ପ୍ରସାଦ ସାହୁ, ସ୍ନେହଲତା ଗାହାଣ, ଦିପ୍ତିମୟୀ ବେହେରା, ସୁଷମା ପଣ୍ଡା, ସତ୍ୟଭାମା ସାହୁ, ନିର୍ମଳା ସିଂହ, ମହେଶ୍ୱର ପରିଡା, ବିମଳା ମହାଳିକ, ବିନୟ କୁମାର ମଲିକ, ଅସିତ ମିର୍ଦ୍ଧା, ଗୌ ମ ଦାସ, ରାଜେଶ ଖଲ୍ଲାର, ଦୀପକ ମଣ୍ଡଳ ପ୍ରମୁଖ ମୁଖ୍ୟମନ୍ତ୍ରୀଙ୍କ ଉଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ।

## ପୁରୀ ପାଇଁ ଐତିହାସିକ ଦିନ :ମୁଖ୍ୟମନ୍ତ୍ରୀ

ପୁରୀ/ ନୂଆଦିଲ୍ଲୀ/ଭୁବନେଶ୍ୱର, (ପି.ଏନ): ପୁରୀରେ ଶ୍ରୀଜଗନ୍ନାଥ ମେଡ଼ିକାଲ କଲେଜ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି। ଲୋକାର୍ପଣ ସମାରୋହରେ କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ ଭର୍ଚୁଆଲ ମାଧ୍ୟମରେ ଯୋଡ଼ି ହୋଇଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହା ପୁରୀ ପାଇଁ ଐତିହାସିକ ଦିନ। ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ପ୍ରଚେଷ୍ଟାରେ ପୁରୀବାସୀଙ୍କ ସେବା କରିବାରେ ଏହି ଶିକ୍ଷାନୁଷ୍ଠାନ ନାଁ କରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ। ଅପରପକ୍ଷରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ମାଣ୍ଡଭୀୟ ଓଡ଼ିଶାବାସୀଙ୍କୁ ସୁଲଭ ମୂଲ୍ୟରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରିବା ପାଇଁ ଆୟୁଷ୍ମାନ ଯୋଜନା ଲାଗୁ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଅନୁରୋଧ କରିଛନ୍ତି। ଏହି ଯୋଜନା ଲାଗୁ ହେବା ଦ୍ୱାରା ଓଡ଼ିଆ ଲୋକମାନେ ଲାଭ ପାଇବେ ଏବଂ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଲ ରହିବ ବୋଲି ସେ କହିଛନ୍ତି। କାର୍ଯ୍ୟକ୍ରମ ପରେ ଆୟୋଜିତ ସଭାରେ ମୁଖ୍ୟମନ୍ତ୍ରୀ କହିଥିଲେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ କ୍ଷେତ୍ରରେ ଏକ ଉନ୍ନତମାନର ମେଡିକାଲ କଲେଜ ପ୍ରତିଷ୍ଠା ହୋଇଛି । ଏହାଦ୍ୱାରା ମେଧାବୀ ଛାତ୍ରଛାତ୍ରୀମାନେ ମେଡିକାଲ ପାଠ ପଢିବା ସହିତ ପୁରୀ ଜିଲ୍ଲାରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ନୂଆ ଯୁଗ ଆରମ୍ଭ ହେଲା ।କାର୍ଯ୍ୟକ୍ରମରେ ଉପସ୍ଥିତ ଛାତ୍ରଛାତ୍ରୀ ମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ଏବଂ ଭବିଷ୍ୟତରେ ଭଲ ଡାକ୍ତର ହୋଇ ନିଷ୍ଠାପର ଭାବେ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସେମାନଙ୍କୁ ପରାମର୍ଶ ଦେଇଥିଲେ। ଶିକ୍ଷକ ଓ ଛାତ୍ରଛାତ୍ରୀ ମାନଙ୍କ ଉଦ୍ୟମରେ ଏହି କଲେଜ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ନିଜର ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବ ବୋଲି ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଥିଲେ। ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରୁ ପୁରୀର ଶ୍ରୀ ସମ୍ବିତ ନାୟକ, ରାଜସ୍ଥାନର ପ୍ରଗତି ମୀନା ଓ ଓଡିଶାର ଶ୍ରୀ ସିଦ୍ଧାର୍ଥ ସାହୁ ପ୍ରମୁଖ ଛାତ୍ରଛାତ୍ରୀ ଏହି ଆଲୋଚନାରେ ଭାଗ ନେଇ ପୁରୀରେ ପଢିବାର ସୁଯୋଗ ପାଇଥିବାରୁ ଖୁସି ପ୍ରକାଶ କରି ଭବିଷ୍ୟତରେ ଚିକିତ୍ସା ସେବା କ୍ଷେତ୍ରରେ ପ୍ରତିଶ୍ରୁତିବଦ୍ଧ ହୋଇ କାମ କରିବେ ବୋଲି କହିଥିଲେ । ପିଲାମାନେ କଲେଜର ଭିତିଭୂମିର ଉଚ୍ଚପ୍ରଶଂସା କରିଥିଲେ। ଛାତ୍ରଛାତ୍ରୀଙ୍କ ସହ ମତ ବିନିମୟ କରିବା ଅବସରରେ ଶ୍ରୀ ମାଣ୍ଡଭୀୟ ଓଡ଼ିଶାରେ ସ୍ୱାସ୍ଥ୍ୟସେବା ସୁଲଭ ଓ ସର୍ବବ୍ୟାପୀ କରିବା ପାଇଁ ମେଡ଼ିକାଲ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି । ସେ କହିଛନ୍ତି ଯେ ପୁରୀ ଜଗନ୍ନାଥ ମନ୍ଦିର ଯାଇ ଦର୍ଶନ କରିବା ଓ ମହାପ୍ରସାଦ ସେବନ କରିବା ଆମ ପାଇଁ ଗର୍ବର ବିଷୟ । ସେହି ପବିତ୍ର ଧାମରେ ରହି ମେଡ଼ିକାଲ ଶିକ୍ଷା ଲାଭ କରିବା ଛାତ୍ରଛାତ୍ରୀଙ୍କ ପାଇଁ ଗର୍ବର ବିଷୟ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସ୍ୱପ୍ନ ରହିଛି ସ୍ୱାସ୍ଥ୍ୟସେବା ସୁଲଭ ଏବଂ ସର୍ବବ୍ୟାପୀ ହେବା ଦରକାର । ଏଥିପାଇଁ ଏକ ଡ଼ାକ୍ତର ରୂପରେ ଛାତ୍ରଛାତ୍ରୀଙ୍କୁ ଦୂର, ସୁଦୂର, ଗାଁ ଯେଉଁଠି ବି ଦାୟିତ୍ୱ ମିଳୁଛି, ସେମାନେ ଗରିବଙ୍କ ସେବା କରିବା ପାଇଁ ନିଜକୁ ଉତ୍ସର୍ଗ କରିବା ସହ ଦେଶର ସ୍ୱାସ୍ଥ୍ୟ କ୍ଷେତ୍ରରେ ଯୋଗଦାନ ରଖନ୍ତୁ । ମୋଦି ସରକାର ଓ ରାଜ୍ୟ ସରକାର ମିଳିତ ଭାବରେ ରାଜ୍ୟରେ ଅନେକ ମେଡ଼ିକାଲ କଲେଜ ଆରମ୍ଭ କରିଛନ୍ତି ଏବଂ ଆଗାମୀ ଦିନରେ ଅନେକ ମେଡ଼ିକାଲ କଲେଜ କାର୍ଯ୍ୟକ୍ଷମ ହେବାକୁ ଯାଉଛି । ଓଡ଼ିଶା ସମେତ ଦେଶର ଛାତ୍ରଛାତ୍ରୀମାନେ ଗୁଣାତ୍ମକ ଶିକ୍ଷା ନେଇ ଉତ୍ତମ ଡ଼ାକ୍ତର ହୁଅନ୍ତୁ ଏବଂ ସରକାରୀ ବ୍ୟବସ୍ଥାକୁ ଉପଯୋଗ କରି ରାଜ୍ୟ ଓ ରାଷ୍ଟ୍ର ନିର୍ମାଣରେ ନିଜର ଯୋଗଦାନ ରଖନ୍ତୁ । ସୁନ୍ଦରଗଡ଼ରେ ଏନଟିପିସି ତରଫରୁ ହସ୍ପିଟାଲ ହୋଇଛି । ତାଳଚେରରେ କୋଲ ଇଣ୍ଡିଆ ୧ ହଜାର କୋଟି ଟଙ୍କା ଖର୍ଚ୍ଚ କରି ମେଡ଼ିକାଲ କଲେଜ ନିର୍ମାଣ କରିଛି । ମୋଦି ସରକାରଙ୍କ ସମୟରେ ଓଡ଼ିଶାରେ ସ୍ୱାସ୍ଥ୍ୟ ସୁବିଧା, ମେଡ଼ିକାଲ କଲେଜ ଓ ସିଟ୍ ସଂଖ୍ୟା ବୃଦ୍ଧି ପାଉଛି । ଏହାର ଲାଭ ଓଡ଼ିଶାକୁ ମିଳିବ ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ କହିଛନ୍ତି । ଏହି ଉତ୍ସବରେ ରାଜ୍ୟ ସ୍ୱାସ୍ଥ୍ୟ ମନ୍ତ୍ରୀ ନବ ଦାସ,ଗଣଶିକ୍ଷା ମନ୍ତ୍ରୀ ସମୀର ରଞ୍ଜନ ଦାଶ, କ୍ରୀଡ଼ା ମନ୍ତ୍ରୀ ତୁଷାରକାନ୍ତି ବେହେରା , ପୁରୀ ସାଂସଦ ପିନାକୀ ମିଶ୍ର,ଫାଇଭ - ଟି ସଚିବ ଭି.କେ ପାଣ୍ଡିଆନ , ପୂର୍ବତନ ବାଚସ୍ପତି ମହେଶ୍ୱର ମହାନ୍ତି, ରାଜ୍ୟ ଯୋଜନା ବୋର୍ଡ଼ ଉପାଧ୍ୟକ୍ଷ ସଞ୍ଜୟ କୁମାର ଦାସବର୍ମା, ଓ ଜିଲ୍ଲାର ସମସ୍ତ ବିଧାୟକ ପ୍ରମୁଖ ଯୋଗ ଦେଇଥିଲେ । ଏହି କଲେଜରେ ଛାତ୍ରଛାତ୍ରୀ ମାନଙ୍କ ପାଇଁ ୧୦୦ଟି ଏମବିବିଏସ ଆସନ ରହିଛି । ଏହାଦ୍ୱାରା ବର୍ତ୍ତମାନ ସାରା ରାଜ୍ୟରେ ୮ଟି ସରକାରୀ ମେଡିକାଲ କଲେଜର ସମୁଦାୟ ଏମବିବିଏସ ଆସନ ସଂଖ୍ୟା ୧୨୫୦କୁ ବୃଦ୍ଧି ପାଇଛି । ମେଡିକାଲ କଲେଜ ସହିତ ୬୫୦ ଆସନ ବିଶିଷ୍ଟ ଏକ ସାତ ମହଲା ବିଶିଷ୍ଟ ଶିକ୍ଷା ହସ୍ପିଟାଲ ନିର୍ମାଣ ପାଇଁ ମଧ୍ୟ କାମ ଚାଲିଛି । ଏହି ଶିକ୍ଷା ହସ୍ପିଟାଲ ଆଗାମୀ ୨୦୨୩ ସୁଦ୍ଧା ଏହା ସଂପୂର୍ଣ୍ଣ ହେବ ବୋଲି ଜଣାଯାଇଛି । ବର୍ତ୍ତମାନ ଏହି କଲେଜ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଶିକ୍ଷା ହସ୍ପିଟାଲ ଭାବେ କାର୍ଯ୍ୟ କରୁଛି। ପୁରୀକୁ ବହୁ ସଂଖ୍ୟାରେ ପର୍ଯ୍ୟଟକ ଆସୁଥିବାରୁ ଏହି ମେଡିକାଲ କଲେଜ ଓ ହସ୍ପିଟାଲ ଜିଲ୍ଲାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ।

## ଦେଶରେ ମହିଳା ସଶକ୍ତିକରଣ ପାଇଁ ପ୍ରଧାନମନ୍ତ୍ରୀ ଯୁଗାନ୍ତକାରୀ ପଦକ୍ଷେପ ନେଇଛନ୍ତି: ସମୀର ମହାନ୍ତି

ଭୁବନେଶ୍ୱର,(ପି.ଏନ): ମହାନ କ୍ରାନ୍ତିକାରୀ, ସମାଜ ସୁଧାରକ ଜ୍ୟୋତିବା ଫୁଲେଙ୍କ ଜନ୍ମଜୟନ୍ତୀ ଅବସରରେ ସିନର୍ଜି ଇନଷ୍ଟିଚ୍ୟୁଟ ଅଫ ଟେକନୋଲୋଜିଠାରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀଙ୍କୁ ରାଜ୍ୟ ବିଜେପି ସଭାପତି ସମୀର ମହାନ୍ତି ଭେଟି ଜ୍ୟୋତିବା ଫୁଲେଙ୍କ ଦେଶପ୍ରତି ଅବଦାନ ବିଷୟରେ ଅବଗତ କରାଇଥିଲେ। ଯେତେବେଳେ ଦେଶରେ ନାରୀ ଶିକ୍ଷା ପ୍ରତି ଆଦୌ ଧ୍ୟାନ ଦିଆଯାଉନଥିଲା ସେତେବେଳେ ଜ୍ୟୋତିବା ଫୁଲେ ମହିଳାମାନଙ୍କ ଶିକ୍ଷାକୁ ପ୍ରାଧାନ୍ୟ ଦେଇ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଥିଲେ। ଜ୍ୟୋତିବା ଫୁଲେ ତାଙ୍କ ପତ୍ନୀ ସାବିତ୍ରୀବାଇ ଫୁଲେଙ୍କ ସହିତ ମିଶି ପୁନେଠାରେ ମହିଳାମାନଙ୍କ ଶିକ୍ଷା କ୍ଷେତ୍ରରେ ଅଗ୍ରଗତି ନିମନ୍ତେ ବାଳିକା ବିଦ୍ୟାଳୟ ସ୍ଥାପନ କରି ନାରୀ ଶିକ୍ଷା ଶିକ୍ଷାଦ୍ୱାରା ସମାଜର ଅଗ୍ରଗତି ସମ୍ଭବ ବୋଲି ବାର୍ତ୍ତା ଦେଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜ୍ୟୋତିବା ଫୁଲେଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମହିଳାଙ୍କ ପ୍ରତି ବିଭିନ୍ନ ଯୋଜନା ମଧ୍ୟ କରିଛନ୍ତି। ମହିଳାମାନଙ୍କ ପାଇଁ ଶୌଚାଳୟ, ଉଜ୍ଜ୍ୱଳା, ବେଟି ବଚାଓ ବେଟି ପଢ଼ାଓ, ସୁକନ୍ୟା ସମୃଦ୍ଧି ଯୋଜନା, ପୋଷଣ ଅଭିଯାନ ଭଳି ଯୁଗାନ୍ତକାରୀ ପଦକ୍ଷେପମାନ ନେଇ ମହିଳାଙ୍କୁ ସମ୍ମାନ, ସ୍ୱାଭିମାନ ଓ ସଶକ୍ତ କରିବାକୁ ତାଙ୍କ ସରକାରରେ ଅନେକ ଯୋଜନା କରିଥିବାରୁ ରାଜ୍ୟ ସଭାପତି ଶ୍ରୀ ମହାନ୍ତି ଧନ୍ୟବାଦ ଜ୍ଞାପନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରତିଷ୍ଠାତା ବିନୋଦ ଦାଶ, ଇଷ୍ଟିଚ୍ୟୁ ନିର୍ଦ୍ଦେଶକ ଚନ୍ଦ୍ରସେନ ଜଗତଦେଓ, ରାଜ୍ୟ ପ୍ରବକ୍ତା ଠାକୁର ରଞ୍ଜିତ ଦାସ, ଯୁବମୋର୍ଚ୍ଚା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ଅର୍ପିତା ବଡ଼ଜେନା ପ୍ରମୁଖ ଉପସ୍ଥିତ ଥିଲେ।

## ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି। ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି। ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି। ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି। ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି। ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାର୍ଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ। ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ୍ୟ ନିୟମର ସର୍ତ୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ୍ୟ ସନ୍ଦେହ ସୃଷ୍ଟି ହେଉଛି। ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ପର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି। ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଧାରଣ ମଧ୍ୟ ରହିଛି। ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ୍ୟ ସୃଷ୍ଟି ହୋଇଛି। ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ୍ୟ ପିଇ ପାରୁ ନାହାନ୍ତି ।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି।

## ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ

ଭୁବନେଶ୍ୱର (ପି.ଏନ): ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ୟାସୀର ନଓ୍ୱାଜଙ୍କ ସଭାପତିତ୍ୱରେ ପତାକା ଉତୋଳନ କାର୍ଯ୍ୟକ୍ରମ ହୋଇଥିଲା। ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ପତାକା ଉତୋଳନ କରିଥିଲେ। ଏହି ପରିପ୍ରେକ୍ଷୀରେ ଶ୍ରୀ ନଓ୍ୱାଜ କହିଥିଲେ ଯେ ପୂର୍ବତନ ପ୍ରଧାନ ମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଏନ.ଏସ.ୟୁ.ଆଇ. ୧୯୭୧ ମସିହାରେ ପ୍ରତିଷ୍ଠା କରିଥିଲେ। ଛାତ୍ର କଂଗ୍ରେସର ଲକ୍ଷ୍ୟ ଛାତ୍ର ସମାଜକୁ ସଶକ୍ତ କରିବା। ଦାୟୀତ୍ୱବାନ ନାଗରିକ ଓ ନେତା ମଧ୍ୟ ସୃଷ୍ଟି କରିବା ଛାତ୍ର କଂଗ୍ରେସର କାର୍ଯ୍ୟର ଅଂଶ ବିଶେଷ ମାତ୍ର ସେମାନଙ୍କର ଗଣତାନ୍ତ୍ରୀକ, ଧର୍ମ ନିରପେକ୍ଷତା, ସମାନତା ଏବଂ ସୁଗୁଣ ରହିଥିବା ଦରକାର। ଶ୍ରୀ ନଓ୍ୱାଜ କହିଲେ ଓଡ଼ିଶାର ଛାତ୍ର କଂଗ୍ରେସ ଉଭୟ ନବୀନ ସରକାର ଓ ମୋଦୀ ସରକାରର ଭ୍ରଷ୍ଟାଚାର ବିରୋଧରେ ସଂଗ୍ରାମ କରୁଛି। ଚାକିରୀ ବିକିରୀର ପ୍ରତିବାଦ କରିଛି। ନାରୀ ନିର୍ଯ୍ୟାତନା ଓ ହତ୍ୟା, ଦରଦାମ ବୃଦ୍ଧି ପ୍ରସଙ୍ଗରେ ଉଭୟ ସରକାରକୁ ଜୋରଦାର ଘେରିଛି। ଆଜିର ଏହି କାର୍ଯ୍ୟକ୍ରମରେ ଲିଙ୍ଗରାଜ ସାହୁ, ମିହିର ଆଚାର୍ଯ୍ୟ, ରଞ୍ଜିତ ପାତ୍ର, ନିହାର ରଂଜନ ବେହେରା, ନଳିନୀକାନ୍ତ ନାୟକ, କାର୍ତିକେଶ୍ୱର କାଣ୍ଡି, ଅଖିଲେଷ ଯାଦବ, ବିଶ୍ୱଭୂଷଣ ମହାପାତ୍ର, ଏମଡି ସମ୍ୟୁଇଲ, ଭାଗ୍ୟଶ୍ରୀ ମହାନ୍ତି, ଜଗଦିଶ ଗଜେନ୍ଦ୍ର, ଅହମ୍ମଦ ଖାନ, ଏସ୍‌କେ ସାହାରୁଖ, ନିତେଶ ରଂଜନ ବେହେରା, ନିୟାଜୁଲ ଇସ୍‌ଲାମ, ଉଦିତ ପ୍ରଧାନ, ଜିତେନ୍ଦ୍ର ମଲ୍ଲିକ, ସନ୍ତୋଷ କୁମାର ଭୋଳ, କୁମାର ସୌରଭ, ତୋଫାନ ସେଠୀ, ଅରସଦ ଅନସାରୀ, ମିର ରିୟାଜୁଦିନ, ଆରିୟାନ ଦାସ, ଆଶିଷ ଦାସ, ଶୁଭକାନ୍ତ ବେହେରା, ରୋସନ କୁମାର କିରଣ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

### ପଳାଶୁଣିରେ ହେବ ଫୁଟ୍ ଓଭରବ୍ରିଜ୍ , ଜାଗା ଦେଖିଲେ ସାଂସଦ ଅପରାଜିତା ଷଡଙ୍ଗୀ

ଭୁବନେଶ୍ୱର ,(ପି.ଏନ): ରାଜଧାନୀର ଦୁର୍ଘଟଣା ପ୍ରବଣ ସ୍ଥାନ ପଳାଶୁଣିରେ ନିର୍ମାଣ ହେବ ଫୁଟ୍ ଓଭରବ୍ରିଜ୍। ୧୬ ନମ୍ବର ଜାତୀୟ ରାଜପଥର ପଳାଶୁଣିଠାରେ ଫୁଟ୍ ଓଭରବ୍ରିଜ୍ ନିର୍ମାଣ ନେଇ ଭୁବନେଶ୍ୱରର ସାଂସଦ ଅପରାଜିତା ଷଡଙ୍ଗୀ ଟୁଇଟ୍ କରି ସୂଚନା ଦେଇଛନ୍ତି। ସାଂସଦ ଶ୍ରୀମତୀ ଷଡଙ୍ଗୀ ମଙ୍ଗଳବାର ଦିନ ଏଥିପାଇଁ ଜାଗା ପରିଦର୍ଶନ କରିଛନ୍ତି । ଏହାସହିତ ସାଂସଦ ଶ୍ରୀମତୀ ଷଡ଼ଙ୍ଗୀ ଜାତୀୟ ରାଜପଥ ପ୍ରାଧିକରଣ (ଏନଏଚଏଆଇ) ର ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି ।

## ଡିଏସ୍‌ପି ଏମଏଫ ଉନ୍ମୋଚନ କଲା 'ଭିଜନ ୨୦/୨୦'

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ୍ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି। ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି। ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍‌ସର ଉପଯୋଗ କରିଛି। ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ। ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି। ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯତ୍ନ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି। ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ। ଅନ୍ୟପକ୍ଷରେ ଓ୍ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇଣ୍ଟର୍ନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ। ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ। ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି। ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ଓ୍ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି। ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯତ୍ନ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ। ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି। ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡ୍‌ଗୁଡିକୁ ପଛରେ ପକାଇଦେବା ଆଶା କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି। ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି। ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସଓ୍ୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ। ପ୍ୟାକେଟରେ ଆସୁଥିବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି। ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ। ଡିଏସ୍‌ପି ଏମଏଫର ଭିଜନ ୧୦/୨୦ ବର୍ଗରେ ଏହା ସ୍ଥାନ ପାଇଛି। ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି। ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା। ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି। ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ। ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ। ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ। କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି। ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି। ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି। ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ। ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ। ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି। ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍‌ପିର ବିଶ୍ୱାସ। ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି। ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ। ତେଣୁ ଏହାକୁ ନେଇ ଡିଏସ୍‌ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି।

## ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଙ୍ଘନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଙ୍ଘନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି। ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି। ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି। ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ। ରାସ୍ତାର ୨ ପାର୍ଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍‌ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି। ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହାକୁ ଜାତୀୟ ସ୍ତରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ। ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ। ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ।

## ଗୁଣାତ୍ମକ ଶିକ୍ଷା ପ୍ରଣାଳୀର ପୁନରୁଦ୍ଧାର ପ୍ରୟୋଜନ

ଭୁବନେଶ୍ୱର(ପିଏନ)- ଭାରତ ବର୍ଷର ପ୍ରାଚ଼ୀନ ଗୁରୁକୁଳ ଶିକ୍ଷା ପରମ୍ପରା ଖୁବ ମହାନ ଓ ମହିମାମୟ ଥିଲା ବୋଲି ଓଡିଶା ବିଧାନ ସଭା ର ବାଚ଼ସ୍ପତି ଡ଼. ସୂର୍ଯ୍ୟନାରାୟଣ ପାତ୍ର ମତ ପ୍ରକାଶ କରିଛନ୍ତି । ଏହି ଗୁଣାତ୍ମକ ଏବଂ ଗୌରବାନ୍ୱିତ ଶିକ୍ଷା ପଦ୍ଧତି ର ପୁନରୁଦ୍ଧାର ସାମ୍ପ୍ରତିକ ଯୁଗରେ ଖୁବ ପ୍ରାସଙ୍ଗିକ ଓ ବାସ୍ତବିକ ବୋଧ ହେଉଥିବା ଡ଼.ପାତ୍ର ସୂଚ଼ାଇଛନ୍ତି । ଭୁବନେଶ୍ୱରର ନୂଆପଲ୍ଲୀ ଠାରେ ଏସାର ସିଷ୍ଟମ୍ସ ଏବଂ ଗୁରୁକୁଳ ଅନଲାଇନ ଶିକ୍ଷା ବ୍ୟବସ୍ଥାର ଭାରତ କାର୍ଯ୍ୟାଳୟ ଓ ଆନ୍ତର୍ଜାତିକ ମୁଖ୍ୟାଳୟ ର ଭରଚୁଆଲ ଶୁଭ ଉଦଘାଟନ କରି ଡ଼.ପାତ୍ର ବର୍ତ୍ତମାନ ପ୍ରଚ଼ଳିତ ଶିକ୍ଷା ପ୍ରଣାଳୀର ନୈତିକ ,ବୈଷୟିକ ,ପ୍ରଯୁକ୍ତିଗତ ଓ ବ୍ୟବହାରିକ ମାନ ବୃଦ୍ଧି କରିବାରେ ଏସାର -ଗୁରୁକୁଳ ନିଶ୍ଚିତ ଭାବେ ସକ୍ଷମ ହେବ ବୋଲି ଆଶା ପ୍ରକାଶ କରିଥିଲେ ।

ଉଦଘାଟନୀ ଉତ୍ସବରେ ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ରାଜ୍ୟ ସରକାରଙ୍କର ଇଲେକ୍‌ଟ୍ରୋନିକ୍ସ , ପ୍ରଯୁକ୍ତି ବିଦ୍ୟା , କ୍ରୀଡା ,ଯୁବସେବା ମନ୍ତ୍ରୀ ତୁଷାରକାନ୍ତି ବେହେରା, ଫିତା କାଟି ଗୃହ ପ୍ରବେଶ କାର୍ଯ୍ୟ ସମ୍ପନ୍ନ କରିଥିଲେ । ଏହି ଅବସରରେ ଆୟୋଜିତ ଏକ ଆନ୍ତର୍ଜାତୀକ ଓ୍ୱେବିନାରକୁ ସମ୍ବୋଧନ କରି ଶ୍ରୀ ବେହେରା ସାରା ବିଶ୍ୱରେ ଓଡ଼ିଆ ଭାଷା ର ପ୍ରଚ଼ାର , ପ୍ରସାର ଏବଂ ଏହାକୁ ଲୋକପ୍ରିୟ କରିବା ପାଇଁ ଏସାର - ଗୁରୁକୁଳ ଯେପରି ମାଗଣା ଅନ ଲାଇନ ଶିକ୍ଷା ପ୍ରଦାନର ପ୍ରକ୍ରିୟା ପ୍ରାରମ୍ଭ କରିବାକୁ ଯାଉଛି , ତାର ଭ ?ୟସୀ ପ୍ରସଂଶା କରିଥିଲେ । ଆଜି ଇ -ଶିକ୍ଷା ଏବଂ ୫ ଜି ଟେକ୍ନୋଲୋଜିକୁ ଆପଣେଇବା ସମୟୋଚ଼ିତ ହେବ ବୋଲି ମନ୍ତ୍ରୀ କହିଥିଲେ ।ସମାରୋହରେ ବିଶିଷ୍ଟ ଅତିଥି ଭାବରେ ସାମିଲ ହୋଇ ପୂର୍ବତନ ମନ୍ତ୍ରୀ ଅମର ଶତପଥୀ , ଆମର ଶିକ୍ଷା ବ୍ୟବସ୍ଥା ସମ୍ପୂର୍ଣ ମାତ୍ରାରେ ପ୍ରଯୁକ୍ତି ବିଦ୍ୟାର କ୍ରୀତଦାସ ନ ସାଜି ସ୍ୱୟଂସମୃଦ୍ଧ ଓ ସୃଜନଶୀଳଯୁକ୍ତ ହେବା ଆବଶ୍ୟକ ବୋଲି ପରାମର୍ଶ ଦେଇଥିଲେ । ଅସ୍କାର ବିଧାୟିକା ମଞ୍ଜୁଳା ସ୍ୱାଇଁ ,ଏସାର - ଗୁରୁକୁଳ ଦ୍ୱାରା ସାରା ପୃଥିବୀରେ ଓଡ଼ିଆ ଶିକ୍ଷାକୁ ପରିବ୍ୟାପ୍ତ କରିବାର ପ୍ରୟାସକୁ ସ୍ୱାଗତ ଜଣାଇଥିଲେ ।

ଆନ୍ତର୍ଜାତିକ ଶୋଭନୀୟ ଆନ୍ଦୋଳନର ମୁଖ୍ୟ ଗୁରୁମା ଡ଼. ଅରୁନ୍ଧତି ଦେବୀ , ବିଦେଶରେ ଲୁପ୍ତ ପ୍ରାୟ ହେବାକୁ ଯାଉଥିବା ଓଡ଼ିଆ ଭାଷା କୁ ପୁନରୁଦ୍ଧାର କରିବା ଏବଂ ବର୍ତ୍ତମାନ ତଥା ଭବିଷ୍ୟତ ପିଢୀକୁ ଏହାର ଉପାଦେୟତା ପ୍ରତି ସଚେତନ କରାଇବା ଓ ଏଥିପ୍ରତି ଆକୃଷ୍ଟ କରିବା ଦିଗରେ ଏସାର - ଗୁରୁକୁଳ ନିଶ୍ଚିତ ଭାବରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ବୋଲି ଭରସା ପ୍ରକଟ କରିଥିଲେ । ମାନବିକତା ଧର୍ମୀ ଶିକ୍ଷା ପାଇଁ ଉଦ୍ଦିଷ୍ଟ ଗୁରୁକୁଳ, ବିଦ୍ୟାର୍ଥୀର ଜୀବନ ଓ ମାନସିକତା ନିର୍ମାଣ କରିବ ବୋଲି ଡ଼.ଦେବୀ ଉଲ୍ଲେଖ କରିଥିଲେ । ପ୍ରବାସରେ ଓଡ଼ିଆ ପାଠ୍ୟକ୍ରମ ଶିକ୍ଷାଲାଭ କରୁଥିବା ଛାତ୍ର ଛାତ୍ରୀମାନଙ୍କୁ ଅନଲାଇନ ପରୀକ୍ଷା ଦେବାର ସୁଯୋଗ ପ୍ରଦାନ କରିବାକୁ ଚେନ୍ନାଇ ସ୍ଥିତ ପ୍ରବାସୀ ଓଡ଼ିଆ ସାଂସ୍କୃତିକ ସମାଜର ସଭାପତି ଶାନ୍ତନୁ କୁମାର ଜେନା, ରାଜ୍ୟ ସରକାରଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ । ଅନଲାଇନ ଯୋଗେ ନୂଆକରି ଯୁଗୋପଯୋଗୀ ଗୁରୁଶିଷ୍ୟ ପରମ୍ପରାର ପୁନରୁଦ୍ଧାର, ସମୟର ଆହ୍ୱାନ ବୋଲି ନୂଆଦିଲ୍ଲୀ ସ୍ଥିତ ଡ଼. ଆମ୍ବେଦକର ଫାଉଣ୍ଡେସନ ର ନିର୍ଦ୍ଦେଶକ ଡ଼. ଦେବେନ୍ଦ୍ର ମାଝୀ ଦର୍ଶାଇଥିଲେ ।

ସ୍ୱାଗତ ଭାଷଣ ପ୍ରଦାନ କରି ଉତ୍ସବର ସହ ଆୟୋଜକ ବରିଷ୍ଠ ସାମ୍ବାଦିକ ତଥା ବନ୍ଦେ ଉତ୍କଳ ଫାଉଣ୍ଡେସନ ର ପ୍ରତିଷ୍ଠାତା ଅଧକ୍ଷ କିଶୋର ଦ୍ୱିବେଦୀ , ଏସାର - ଗୁରୁକୁଳ ପାରମ୍ପରିକ ଶିକ୍ଷା ପ୍ରଦାନ ଓ ଗ୍ରହଣ କ୍ଷେତ୍ରରେ ଏକ ବୈପ୍ଲବିକ ପରିବର୍ତ୍ତନ ଆଣିବା ପାଇଁ ଯାଉଥିବା ସୂଚ଼ାଇଥିଲେ । ବିଦ୍ୟାର୍ଥୀ ଶିକ୍ଷାଦାନ ନିକଟକୁ ନ ଆସି ଶିକ୍ଷାକୁ ବିଦ୍ୟର୍ଥୀର ଦୁଆର ମୁହଁ ରେ ସପ୍ତାହକୁ ସାତଦିନ ଓ ୨୪ ଘଣ୍ଟା ଧରି, ତାଙ୍କର ସୁବିଧା ଅନୁସାରେ ପହୁଞ୍ଚାଇବା, ଏହି ନୂଆ ଶିକ୍ଷାକ୍ରମର ଅସଲ ଉଦେଶ୍ୟ ବୋଲି ଶ୍ରୀ ଦ୍ୱିବେଦୀ ଦର୍ଶାଇଥିଲେ ।

ଉଭୟ ପ୍ରକୃତ ଓ ଓ୍ୱ ?ବ ଯୋଗେ ଆୟୋଜିତ ଏହି ଉଦଘାଟନୀ ସମାରୋହର ମୁଖ୍ୟ ଆୟୋଜକ ଏବଂ ଏସାର- ଗୁରୁକୁଳ ର ଅଧକ୍ଷ ତଥା ପରିଚ଼ାଳନା ନିର୍ଦ୍ଦେଶକ ଇଂ ମୀନକେତନ ବିଶ୍ୱାଳ ଧନ୍ୟବାଦ ପ୍ରଦାନ କରି ଏସାର- ଗୁରୁକୁଳ ସଂସ୍ଥା ଗଠନ ପଛରେ ଥିବା ଦାର୍ଶନିକ ଓ ଆଧ୍ୟାତ୍ମିକଗତ ମହତ ଭାବନା ଉପରେ ଆଲୋକପାତ କରିଥିଲେ । ଦେଶର ଶିକ୍ଷା ବ୍ୟବସ୍ଥାର ଆମୂଳଚୂଳ ନବୀକରଣ ଓ ଏହାର ମାନବର୍ଦ୍ଧନ ପାଇଁ ଏସାର - ଗୁରୁକୁଳ ବଦ୍ଧପରିକର ବୋଲି ଇଂ ଶ୍ରୀ ବିଶ୍ୱାଳ ଉଲ୍ଲେଖ କରିଥିଲେ ।

ସମଗ୍ର ଡିଜିଟାଲ କାର୍ଯ୍ୟକ୍ରମକୁ ଏସାର- ଗୁରୁକୁଳ ପରିକଳ୍ପନାର ସର୍ଜନାକାରୀ ଏବଂ ସି .ଏମ .ଡି ଇଂ ଶ୍ରୀ ବିଶ୍ୱାଳଙ୍କର ସୁପୁତ୍ର ଶିବ ରଞ୍ଜନ ବିଶ୍ୱାଳ ମାଞ୍ଚେଷ୍ଟର ରୁ ସଂଯୋଜନା କରିଥିଲେ । ଆୟୋଜନର ସୁପରିଚ଼ାଳନା କରିବାରେ ଶିବ କୁମାର ବିଶ୍ୱାଳ , ପ୍ରକାଶ ନାୟକ, ଦିଲ୍ଲୀପ କୁମାର ସାହୁ ଏବଂ ବିକାଶ ଚ଼ନ୍ଦ୍ର ନାୟକ ପ୍ରମୁଖ ମୁଖ୍ୟଭୂମିକା ଗ୍ରହଣ କରିଥିଲେ ଛ ଶେଷରେ ଜଗବନ୍ଧୁ ମୃଦୁଲି ଓ ତାଙ୍କର ସାଥି କଳାକାର ମାନେ ମନୋରଂଜକ ଭଜନ ପରିବେଷଣ କରିଥିଲେ ।




# ଆମ ପରିବେଶ, କୃଷି ଓ କୃଷକ

ସମଗ୍ର ଭାରତବର୍ଷରେ କୃଷି ଓ କୃଷକଙ୍କର ସମସ୍ୟା ଉତ୍କଟ ରୂପ ଧାରଣ କରିଛି। ଏହି ସମସ୍ୟା ପ୍ରତିଦିନ ଗଣମାଧ୍ୟମରେ ଚର୍ଚ୍ଚାର ବିଷୟ ହେଉଛି। ଆଜି ଯେଉଁ ମରୁଡ଼ି ଦେଖାଦେଇଛି ତା' ମୂଳରେ ଆମ ପରିବେଶ ଦାୟୀ। ଆମେ ଅତି ଅମାନୁଷିକ ଭାବରେ ଜଙ୍ଗଲ କାଟିଚାଲୁଛୁ। ଯାହାଫଳରେ ଆମକୁ ଏ ଦଶା ଭୋଗିବାକୁ ପଡୁଛି। ସଠିକ୍ ବୃଷ୍ଟିପାତ ହେଉନାହିଁ। ସୂର୍ଯ୍ୟଙ୍କ ତେଜ ପ୍ରଖର ହେଉଛି। ସରକାରଙ୍କ ତରଫରୁ ପରିବେଶ ଉପରେ ଯେତେ ସଚେତନ କରାଗଲେ ମଧ୍ୟ ଏହାର ପ୍ରଭାବ ମାନବ ସମାଜ ଉପରେ ଆଦୌ ପଡୁନାହିଁ। ଭାଗବତ ବାଣୀ ଅନୁସାରେ- *"ଆପଣା ହସ୍ତେ ଜିହ୍ୱାଚ୍ଛେଦି। କେ ତା'ର ଅଛି ପ୍ରତିବାଦୀ।।"*

ସମଗ୍ର ବିଶ୍ୱରେ ଯେଉଁ ବିଶ୍ୱତାପନ କଥାଟି ଚର୍ଚ୍ଚା ହେଉଛି ତାହା ଆମମାନଙ୍କ ପାଇଁ ତଥା ପ୍ରାଣୀସମାଜ ପାଇଁ ଏକ ବଡ଼ ଆହ୍ୱାନ। ଏହାକୁ କେତେଦୂର ପ୍ରାଣୀ ସମାଜ ଗ୍ରହଣ କରୁଛି ଓ ଏହାସହ ତାଳ ଦେଇ ନିଜକୁ ତିଷ୍ଠି ପାରୁଛି, ତାହା ଦେଖିବାର ବିଷୟ। ଚୀନ ଭଳି ବଡ଼ବଡ଼ ଦେଶର ସହରମାନଙ୍କରେ ପରିବେଶ ଏତେ ପ୍ରଦୂଷିତ ହୋଇଗଲା ଯେ କେତେଦିନ ପର୍ଯ୍ୟନ୍ତ ସ୍କୁଲ୍ କଲେଜ ବନ୍ଦ କରିବାକୁ ପଡ଼ିଲା। ଏଥିରୁ ମଧ୍ୟ ଆମ ରାଜଧାନୀ ଦିଲ୍ଲୀର ସମଅବସ୍ଥା ହୋଇଛି। ଏ ସବୁ କଥା ଭାବିଲେ ଏହି ମଣିଷ ସମାଜର ଅସ୍ତିତ୍ୱ କେତେଦୂର ତିଷ୍ଠିପାରୁଛି ତାହା ଦେଖିବାର କଥା। ଭାରତବର୍ଷର ଲୋକସଂଖ୍ୟା କେତେଦୂର ଗାଡ଼ି, ମଟର, କଳକାରଖାନା ଏତେ ପରିମାଣରେ ବୃଦ୍ଧି ପାଉଛି ଯାହାକି କିଛି ବର୍ଷ ମଧ୍ୟରେ ସମଗ୍ର ଭାରତରେ ଏଭଳି ଅବସ୍ଥା ସୃଷ୍ଟି ନହେବ କିଏ କହିବ!

ଅଦିନେ ବର୍ଷା, ଶୀତରେ ପ୍ରକୋପ ହ୍ରାସ, ସୂର୍ଯ୍ୟଙ୍କ ତେଜବୃଦ୍ଧି, ଅଦିନେ ଲଘୁଚାପ ଆଦି କାରଣ ପାଇଁ ଚାଷୀକୁଳ ଏବେ ଏକ ଆହ୍ୱାନର ସମ୍ମୁଖୀନ ହେଉଛି। ଏବେ ଆମେମାନେ ବଦଳୁଥିବା ଜଳବାୟୁ ସହିତ କିପରି ଖାପଖୁଆଇ ଚଳିବା, ତାହା ଆମମାନଙ୍କ ପାଇଁ ଏକ କଷ୍ଟ ସମସ୍ୟା। ପରିବେଶର ଏହି ପରିବର୍ତ୍ତନ ଯୋଗୁ ଅନେକ ନୂତନ ରୋଗ ସୃଷ୍ଟି ହେଉଛି। ଯାହାକୁ କି ବିଶେଷଜ୍ଞମାନେ ଚିହ୍ନଟ କରିବା କଷ୍ଟକର ହୋଇପଡୁଛି। କର୍କଟ ଭଳି ମାରାତ୍ମକ ରୋଗ କବଳରେ କବଳିତ ଭାରତବାସୀ। ଆଉ କିଛିବର୍ଷ ପରେ ହୁଏତ ଆମ ଦେଶ ମଧୁମେହର ରାଜଧାନୀ ହେବାକୁ ଯାଉଛି। ଆମେ କୃଷିର ଅଧିକ ଅମଳ ଆଶାରେ ଅଧିକ ରାସାୟନିକ ସାର, କୀଟନାଶକ ଆଦି କୃଷିକାର୍ଯ୍ୟରେ ବ୍ୟବହାର କରୁଛେ, ଯାହାକି ଆମ ସ୍ୱାସ୍ଥ୍ୟପାଇଁ ଅନେକ ବିପଦ ସୃଷ୍ଟିକରୁଛି। ଗୋଟିଏ ପଟେ କ୍ରମବର୍ଦ୍ଧିଷ୍ଣୁ ଲୋକସଂଖ୍ୟା ପାଇଁ ଶସ୍ୟ ଅଧିକ ଅମଳ ଲାଗି ଏଭଳି ଉପାୟ ଅବଲମ୍ବନ କରୁଥାଇପାରୁ, ମାତ୍ର ପରୋକ୍ଷରେ ଆମ ସ୍ୱାସ୍ଥ୍ୟ ପାଇଁ ଅନେକଗୁଡ଼ିଏ ସମସ୍ୟା ସୃଷ୍ଟି କରିଚାଲିଛୁ।

ଅନ୍ୟପକ୍ଷରେ ଦେଖିବାକୁ ଗଲେ କୃଷକ ଆମ ଦେଶର ମେରୁଦଣ୍ଡ। ଯିଏକି ସମଗ୍ର ଦେଶକୁ ଖାଦ୍ୟ ଯୋଗାଉଛି। ସୈନିକଟି ଯେଭଳି ନିଜ ଜୀବନକୁ ବିପନ୍ନ କରି ଦେଶମାତୃକାର ଟେକ ରଖିବା ପାଇଁ କାର୍ଯ୍ୟ କରିଥାଏ, କୃଷକଟି ମଧ୍ୟ ଦେଶର କୃଷିର ଅଭିବୃଦ୍ଧି ପାଇଁ ଓ ଖାଦ୍ୟର ସ୍ୱାବଲମ୍ବୀ ପାଇଁ ଦେଶବିଦେଶରେ ସୁଖ୍ୟାତି ବଢ଼ାଇବା ପାଇଁ ମଧ୍ୟ ମୁଖ୍ୟ ଭୂମିକା ଗ୍ରହଣ କରିଥାଏ। ଦେଶ ଗଠନରେ କୃଷକଟିର ଭୂମିକା ମଧ୍ୟ ଅନସ୍ୱୀକାର୍ଯ୍ୟ। ଏତିକି ପାର୍ଥକ୍ୟ ସୈନିକ ସରକାରଙ୍କ ଅଧିନରେ କେଇଟା ବର୍ଷ କାମକରି ବଞ୍ଚିଥିବା ଯାଏ ଭତ୍ତା ପାଏ । ମାତ୍ର କୃଷକଟି ଜୀବନସାରା ନିଜ ଜୀବନକୁ ପାଣି ଛଡ଼ାଇ କଠିନ ପରିଶ୍ରମ କରି ପରିଣତ ବୟସରେ ସରକାରଙ୍କ ପାଖରେ ସମାଜରେ ଏପରିକି ନିଜ ପରିଜନଙ୍କ ପାଖରେ ଅଲୋଡ଼ା ହୋଇପଡେ। ଦିନ ଥିଲା ଯେତେବେଳେ କୃଷିକୁ ଓ କୃଷକମାନଙ୍କୁ ଅଧିକ ପ୍ରାଧାନ୍ୟ ଦିଆଯାଉଥିଲା। ମାତ୍ର ସେ ସମୟ ଏବେ ବଦଳିଯାଇଛି। ଆଜି କୃଷକଟି କୃଷିକାର୍ଯ୍ୟ କରି ନିଜେ ସର୍ବସ୍ୱାନ୍ତ ହୋଇପଡୁଛି। ପରିବର୍ତ୍ତନଶୀଳ ଜଳବାୟୁ ସହିତ ଖାପ ଖୁଆଇ କୃଷିକାର୍ଯ୍ୟ ଠିକ୍ ଭାବରେ କରିପାରୁନାହିଁ। ଅଦିନ ମେଘ, ଅଦିନେ ଖରା ତାହା ପାଇଁ ଶତ୍ରୁରୂପେ ଉଭା ହେଉଛି। ଅଧିକ ଅମଳ ଓ ଲାଭ ଆଶାରେ ବିଭିନ୍ନ ସଂସ୍ଥାରୁ ଋଣ ନେଇ ସେ କୃଷିକାର୍ଯ୍ୟ କରୁଛି; ମାତ୍ର ସଠିକ୍ ଫସଲ ଅମଳ କରିନପାରି କ୍ଷତି ସହୁଛି। ଋଣଭାରରେ ଉବୁଟୁବୁ ହୋଇ ନିଜର ପ୍ରାଣ ବିସର୍ଜନ କରିବାକୁ ପଛାଉନାହିଁ। ଏବେ ନିକଟ ଅତୀତରେ କେତେ ଯେ କୃଷକ ଏଭଳି ପନ୍ଥାକୁ ଆପଣାଇ ନେଇଛନ୍ତି ତାହା ଗଣିବା କଷ୍ଟକର।

ଏହା ଦେଶପାଇଁ ଶୁଭଙ୍କର ନୁହେଁ। ଯଦି ଏଭଳି ଅବସ୍ଥା ଲାଗିରହେ କେହି ଜଣେହେଲେ କୃଷିକାର୍ଯ୍ୟ କରିବାକୁ ଆଗଭର ହେବେନାହିଁ। ଋଷ ଭଳି ଦଶା ଆମମାନଙ୍କୁ ଦିନେ ନା ଦିନେ ଭୋଗିବାକୁ ପଡ଼ିବ ଏଥିରେ ସନ୍ଦେହ ନାହିଁ। ସରକାର କୃଷିକୁ ଯେତେ ପ୍ରୋତ୍ସାହନ ଦେଉଛନ୍ତି ତା' ତୁଳନାରେ କୃଷକକୁ ସେତିକି ପ୍ରୋତ୍ସାହନ ମିଳୁନାହିଁ। ଭଗବାନ କରନ୍ତୁ ସରକାରଙ୍କ ସଦ୍‌ବୁଦ୍ଧି ଉଦୟ ହେଉ। କୃଷକକୁ ସମାଜରେ ଉପଯୁକ୍ତ ମର୍ଯ୍ୟାଦା ମିଳୁ। ପରିବର୍ତ୍ତିତ ଜଳବାୟୁ ସହିତ ଖାପଖୁଆଇ କୃଷକଟି ଯେଭଳି କୃଷିକାର୍ଯ୍ୟ କରିପାରିବ, ସେଥିନିମନ୍ତେ କିଭଳି ଓ କେଉଁପ୍ରକାର କୃଷି କରିବ, ସେଥିନିମନ୍ତେ ସରକାର ସେମାନଙ୍କୁ ସଚେତନ ବା ତାଲିମ୍ ଦେବା ବିଧେୟ। ଯଦ୍ୱାରା ଦେଶ ଖାଦ୍ୟଶସ୍ୟ ଉପରେ ଆତ୍ମନିର୍ଭରଶୀଳ ହେବା ସହିତ କୃଷକମାନଙ୍କର ମଙ୍ଗଳ ସାଧିତ ହେବ।

## ଅନନ୍ୟା ସାହିତ୍ୟ ସଂସଦ ପକ୍ଷରୁ କବିମଞ୍ଜୁଳ କୃଷ୍ଣପ୍ରସାଦ ବସୁ ଜୟନ୍ତୀ ପାଳନ



ଯାଜପୁର (ପିଏନ୍): ଅନନ୍ୟା ସାହିତ୍ୟ ସଂସଦ ପକ୍ଷରୁ ଯାଜପୁର ତଥା ଓଡ଼ିଶାର ବରେଣ୍ୟ କବିମଞ୍ଜୁଳ କୃଷ୍ଣ ପ୍ରସାଦ ବସୁ ଜୟନ୍ତୀ ଗୌତମ ବୁଦ୍ଧ ସଂସ୍କୃତି ଭବନ ପରିସରରେ ଉପସଭାପତି ବିଭୂତିଭୂଷଣ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ପୂର୍ବାହ୍ନ ୧୦ଟା ସମୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଜୟନ୍ତୀ ଉତ୍ସବରେ ଯାଜପୁରର ଅତିରିକ୍ତ ଜିଲ୍ଲାପାଳ ଅକ୍ଷୟ କୁମାର ମଲ୍ଲିକ ମୁଖ୍ୟ ଅତିଥିଭାବେ ଯୋଗଦେଇ ଧୂପ, ଦୀପ, ପ୍ରଜ୍ୱଳନ କରିବା ସହିତ ବସୁଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ସଂଗଠନ ସମ୍ପାଦକ ହୃଷିକେଶ ପତି ସ୍ତୋତ୍ର ପାଠ କରିଥିଲେ। ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ଅଧିକାରୀ ଦୁର୍ଯ୍ୟୋଧନ ମଲ୍ଲିକ ଏବଂ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସରୋଜ କୁମାର ଶତପଥୀ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବସୁଙ୍କର ସ୍ମୃତିଚାରଣ କରିଥିଲେ। ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଶିକ୍ଷାବିତ୍ ଦଶରଥ ସାମଲ ଯୋଗଦେଇ ବସୁ ସାହିତ୍ୟ ଓ ତାଙ୍କ ଲିଖିତ ୩୬ ଗୋଟି ପୁସ୍ତକର ବିଭିନ୍ନ ଦିଗରୁ ଗବେଷଣାତ୍ମକ ପର୍ଯ୍ୟାଲୋଚନା କରିଥିଲେ। ସଂପାଦକ ଡ. କାହ୍ନୁଚରଣ ମିଶ୍ର ବିବରଣୀ ପାଠ କରିବା ସହିତ ବସୁଙ୍କ କବିତାର ମାର୍ମିକ ଛନ୍ଦ ଆବୃତ୍ତି କରିଥିଲେ। ଅଧିକାରୀ ନବକିଶୋର ଦାସ, ପ୍ରାକ୍ତନ ଜୀବନବୀମା ଅଧିକାରୀ ସୁବାସ ମହାପାତ୍ର, ଅନ୍ୱେଷଣ ସଭାପତି ବୃନ୍ଦାବନ ମିଶ୍ର, ସଂପାଦକ ଅଭିମନ୍ୟୁ ମିଶ୍ର, ସୁକାନ୍ତ ନାୟକ, ବୃନ୍ଦାବନ ସ୍ୱାଇଁ ପ୍ରମୁଖ ସାହିତ୍ୟ ସଂପର୍କରେ ଆଲୋଚନା କରିଥିଲେ। ସାଂସ୍କୃତିକ ସଂପାଦକ ପାଣ୍ଡବ ଚରଣ ସାହୁ ଧନ୍ୟବାଦ ଦେଇଥିଲେ।

# ରୋଗୀ, ରୋଗ ଏବଂ ଚିକିତ୍ସକ

ଶାରୀରିକ, ମାନସିକ, ସାମାଜିକ ଏବଂ ସାଂସ୍କୃତିକ ସୁସ୍ଥ ଠିକ୍ ଥିଲେ, ଜଣେ ବ୍ୟକ୍ତି ନିରୋଗ ଅଛି ବୋଲି ବୁଝିବାକୁ ହେବ। ଅର୍ଥାତ୍ ସେ ଜଣେ ସାଧାରଣ ଭାବେ ସୁସ୍ଥ ବ୍ୟକ୍ତି। ଏହାର ବ୍ୟତିକ୍ରମ ହିଁ ଜଣକୁ ରୋଗୀ ବନାଇଥାଏ। ଶରୀର ଆବଶ୍ୟକ କରୁଥିବା ଖାଦ୍ୟ, ପାନୀୟ, ବିଶ୍ରାମ ଏବଂ ପରିବେଶୀୟ ସନ୍ତୁଳନର ବ୍ୟତିକ୍ରମ ହେଲେ, ଆମଠି ରୋଗ ସୃଷ୍ଟି ହୁଏ। ରୋଗକୁ ସାଧାରଣ ଭାବେ ଆମେ ଦୁଇଭାଗରେ ବିଭକ୍ତ କରିବୁ । ଯଥା- ସଂକ୍ରମିତ ଏବଂ ଅସଂକ୍ରମିତ ରୋଗ। ରୋଗ ହେଲେ ରୋଗୀ ପାଇଁ ଚିକିତ୍ସାର ଆବଶ୍ୟକତା ରହିଛି। ଚିକିତ୍ସାର ଅର୍ଥ ଔଷଧ ପ୍ରୟୋଗ କି ଅସ୍ତ୍ରୋପଚାର ଏବଂ ତଦ୍‌ଜନିତ ସେବାକୁ ବୁଝାଏ। ଚିକିତ୍ସାର ଅବହେଳାରେ ଅଚିନ୍ତନୀୟ ଅବସ୍ଥା ଘଟିପାରେ।

ଜନସାଧାରଣଙ୍କର ସେବା ପାଇଁ ସରକାରଙ୍କ ତରଫରୁ ଗ୍ରାମାଂଚଳରେ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ବା ଗୋଷ୍ଠୀକେନ୍ଦ୍ରମାନ ସ୍ଥାପନ ହୋଇଛି। ଜିଲ୍ଲାର ସଦର ମହକୁମାମାନଙ୍କରେ ବଡ଼ ଡାକ୍ତରଖାନା ବା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟମାନ ଖୋଲାଯାଇଛି। ଦୁଃଖ ଯେ ଏସବୁ ସତ୍ତ୍ୱେ ବିଭାଗୀୟ ଡାକ୍ତରମାନଙ୍କ ଅଭାବ ରହିଛି। କେହି ନିଜ ସୁବିଧା ଦେଖି ଆସନ୍ତି ବା ଯାଆନ୍ତି। ଏପରିସ୍ଥଳେ ଅଭାବୀ ରୋଗୀଟି ବାଧ୍ୟ ହୋଇ ଘରୋଇ ଚିକିତ୍ସାଳୟ ଧାଆଁନ୍ତି ଏବଂ ସେଠାରେ ଭୟଙ୍କର ଭାବେ ଶୋଷିତ ହୁଅନ୍ତି। କଥାରେ କୁହନ୍ତି: ରୋଗୀ ମଲେ ବା ବଂଚିଲେ ଡାକ୍ତରର ଯାଏ ଆସେ ନାହିଁ। ତାର ମାହାସୁଲ ଦରକାର।

ପଇସାବାଲା ଏବଂ ବଡ଼ବଡ଼ିଆ ପାଇଁ ଚିନ୍ତା ନାହିଁ। ସେମାନେ ପଇସା ବା ନିଜର ପ୍ରତିପତି ବଳରେ ସାରା ଦୁନିଆକୁ ଆପଣେଇପାରିବେ। ଅବଶ୍ୟ ରୋଗ ନେଇ ରୋଗୀର ବଂଚିବା ମରିବା ନିର୍ଭର କରେ। ସାଧାରଣ ବ୍ୟକ୍ତିଟିଏ ପାଇଁ ଏବେ ଚିକିତ୍ସା ଅପହଂଚ। ଔଷଧର ଦାମ ଏତେ ବଢ଼ିଛି ଯେ ସେ ତାର ସର୍ବସ୍ୱ ସାରିବି ବଂଚିପାରୁନାହିଁ। ଔଷଧ କଂପାନୀମାନଙ୍କ ପ୍ରତି ସରକାରଙ୍କର କୌଣସି ଲଗାମ ନାହିଁ। ସେମାନେ ମନଇଚ୍ଛା ଔଷଧ ଦାମ୍ ବଢ଼ାଇଥାଆନ୍ତି । ଏମିତିକି ଅଳ୍ପ ସମୟ ବ୍ୟବଧାନରେ ଔଷଧର ଦାମ୍ ଦୁଇଗୁଣ ହେବାର ନଜିର ଅଛି।

ଡାକ୍ତରଖାନାରେ ଔଷଧ ଅଛି, ସେଗୁଡ଼ିକର ବ୍ୟାବହାରିକ ସମୟ ସୀମା ରହି ରହି ନୂଆ ପୁରୁଣା କାରଣରୁ ଫିଙ୍ଗା ଯାଉଛି । ଅଥଚ ରୋଗୀକୁ ଔଷଧ କିଣିବା ପାଇଁ ପାଖ ଦୋକାନକୁ ପଠାଇ ଦିଆଯାଉଛି। ଏଠାରେ ଡାକ୍ତର ଓ ଦୋକାନୀମାନଙ୍କର ମଧୁଚନ୍ଦ୍ରିକା ବା ଅସାଧୁ ମେଂଟ ଚାଲିଛି। ସେହିପରି ଡାକ୍ତରଖାନାରେ ପାଥୋଲୋଜି ବ୍ୟବସ୍ଥା ଥିଲେ ବି, ସାମ୍ନା ଦୋକାନକୁ ପଠାଇ ଦିଆଯାଇଛି। ଡାକ୍ତର ଯେମିତି ଅଧିକା ଦାମିକା ଔଷଧ ଲେଖିବେ, ସେତିକି ଡ୍ରଗିଷ୍ଟର ଲାଭ, କଂପାନୀର ଲାଭ ଏବଂ ଡାକ୍ତରଙ୍କ ପ୍ରତିଶତ ଲାଭ ସେତିକି। ଏବେ ଡାକ୍ତରଖାନାମାନଙ୍କରେ ଦଲାଲି କାରବାର। ସରକାରୀ ଡାକ୍ତରଖାନାର ଡାକ୍ତର ରୋଗୀକୁ ପଠାଇଦେଉଛନ୍ତି କୋଉ ନର୍ସିଂହୋମ୍‌କୁ। ନଚେତ୍ ତାଙ୍କ କ୍ଲିନିକ୍‌କୁ ଯିବାକୁ ପରାମର୍ଶ ଦେଉଛନ୍ତି। ସାଧାରଣ ରୋଗୀକୁ ଘରୋଇ ଡାକ୍ତରଖାନାମାନଙ୍କରେ ଜବରଦସ୍ତ ବେଡ୍ ବା ଆଇସିୟୁରେ ଭର୍ତି କରାଯାଉଛି। ତାକୁ ଶୋଷଣ କରାଯାଉଛି। ବଡ଼ ବଡ଼ ସହରରେ ଗଢ଼ି ଉଠିଥିବା ଘରୋଇ ଡାକ୍ତରଖାନାମାନଙ୍କଙ୍କରେ ଏହା ଏକ ନିତିଦିନିଆ ଘଟଣା। ଏମିତି ଅନେକ ଗରିବ ଲୋକ ପୂର୍ଣ୍ଣ ଆରୋଗ୍ୟ ହେବା ପୂର୍ବରୁ ସର୍ବସ୍ୱାନ୍ତ ହୋଇ ଘରକୁ ଫେରୁଛନ୍ତି। କାହା ପାଇଁ ବି 'ରାମନାମ ସତ୍ୟହେ' ସତ୍ୟ ହେଉଛି। ଏଗୁଡ଼ାକ ସବୁ ଅଙ୍ଗେଲିଭା କଥା। ଏମାନେ ଏମିତି ଏକ ଯମାଳୟ ସାଜିଛନ୍ତି ଯେ ଥରେ ଘରେ ଟିଙ୍କ ଲାଖେ ଝୁଣିକି ରକ୍ତ ଶୋଷି ନେବେ। କବିର ଭାଷାରେ- ଶାଗୁଣା, ଶୃଗାଳ ଡାକ୍ତର ହେଲେକି ମଡ଼ା ଦେହେ ଥିବ ପ୍ରାଣ...। ମୋଟ ଉପରେ କହିବାକୁ ଗଲେ ପଇସା ନାହିଁ ତ, କେହି ଶୁଣିବାର ନାହିଁ ।ସାଧାରଣ ଲୋକଙ୍କୁ ଏସବୁ ଦୌରାତ୍ମ୍ୟରୁ ରକ୍ଷା କରିବା ନିମନ୍ତେ ଇଣ୍ଡିଆନ୍ ମେଡିକାଲ କାଉନ୍‌ସିଲ (ଏମ୍‌ସିଆଇ) ଏକ ନୂଆ ପଦକ୍ଷେପ ନେଇଛନ୍ତି। ସେ ଡାକ୍ତରମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଯେ ରୋଗୀକୁ ଶସ୍ତାରେ ମେଡିସିନ୍ ଦେବା ପାଇଁ ପ୍ରେସ୍‌କ୍ରିପ୍‌ସନ୍‌ରେ ଜେନେରିକ୍ ମେଡିସିନ୍ ଲେଖନ୍ତୁ। ଡାକ୍ତରମାନେ ଯେପରି ଏହାକୁ କଡ଼ାକଡ଼ି ଭାବେ ପାଳନ କରିବେ, ସେ ନେଇ ଏମ୍‌ସିଆଇ ସବୁ ମେଡିକାଲ କଲେଜ ଏବଂ ରାଜ୍ୟ ମେଡିକାଲ୍ କାଉନ୍‌ସିଲକୁ ଚିଠି ଲେଖି ଜଣାଇଛନ୍ତି। ଦେଶର ସମସ୍ତ ମେଡିକାଲ କଲେଜ ଏବଂ ରାଜ୍ୟର ମେଡିକାଲ୍ କାଉନ୍‌ସିଲ ଏହି ବ୍ୟବସ୍ଥାକୁ ଯେମିତି ଲାଗୁ କରିବେ ତାହା ବି ବାଧ୍ୟ କରିଛନ୍ତି। ଖିଲାଫକାରୀଙ୍କୁ ଦଣ୍ଡଦେବାର ମଧ୍ୟ ବ୍ୟବସ୍ଥା ରଖିଛନ୍ତି ।

ଏହି ଜେନେରିକ୍ ମେଡିସିନ୍ ଦାମ୍ ବହୁତ କମ୍। ଏଣୁ ଡାକ୍ତରମାନେ ଏହିପରି ଜେନେରିକ୍ ଔଷଧର ପ୍ରେସ୍‌କ୍ରିପ୍‌ସନ୍ ଦେଲେ, ରୋଗୀମାନେ ଉପକୃତ ହୋଇପାରିବେ। ଏଥିପାଇଁ ସରକାର ମେଡିକାଲ କଲେଜ, ଶିଶୁଭବନ ଏବଂ କ୍ୟାପିଟାଲ ହସ୍‌ପିଟାଲମାନଙ୍କରେ ଷ୍ଟୋରମାନ ରଖିଛନ୍ତି। ଜନଔଷଧୀ ମାଧ୍ୟମରେ ମଧ୍ୟ ଏହି ଜେନେରିକ୍ ଔଷଧ ଦେବାର ବ୍ୟବସ୍ଥା ଅଛି । ଏ ପ୍ରକାର ବ୍ୟବସ୍ଥାରେ ଅନ୍ତତଃ ଔଷଧ କଂପାନୀମାନଙ୍କ ଦାଉରୁ ମଧ୍ୟ ମୁକ୍ତି ମିଳିପାରିବ। ସରକାରଙ୍କର ଏ ପ୍ରକାର ପଦକ୍ଷେପକୁ ସ୍ୱାଗତ କରାଯାଇପାରେ। ତେବେ ଏହା କେତେଦୂର କାର୍ଯ୍ୟକାରୀ ହୋଇପାରୁଛି ଏବଂ ଖିଲାଫକାରୀଙ୍କୁ କି ପ୍ରକାର ଦୃଷ୍ଟାନ୍ତମୂଳକ ଦଣ୍ଡ ଦିଆଯାଉଛି, କେବଳ ତାହାକୁ ଅପେକ୍ଷା କରିବାର ଅଛି ।

# ୧୩୨ ବର୍ଷ ମଧ୍ୟରେ ଓଡିଶା ସମ୍ମୁଖୀନ ହୋଇଛି ୧୦୭ଟି ସାମୁଦ୍ରିକ ଝଡବାତ୍ୟା



ଭୁବନେଶ୍ୱର (ପିଏନ୍)-ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ମିଳିଥିବା ତଥ୍ୟ ଅନୁଯାୟୀ ୧୩୧ ବର୍ଷ ମଧ୍ୟରେ ଓଡିଶାରେ ୧୦୭ଥର ସାମୁଦ୍ରିକ ଝଡବାତ୍ୟା ହୋଇଥିବା ସୂଚନା ମିଳିଛି । ସେଥି ମଧ୍ୟରୁ ୨୦୧୪ ମସିହା ଅକ୍ଟୋବର ୧୦ତାରିଖରେ ସଙ୍ଗଠିତ ହୋଇଥିବା ସାମୁଦ୍ରିକ ଝଡ "ହୁଡ୍ ହୁଡ୍" ଥିଲା ଓଡିଶାର ୧୦୦ତମ ସାମୁଦ୍ରିକ ଝଡବାତ୍ୟା । ଏହାପରେ ୨୦୧୬ମସିହା ଅକ୍ଟୋବର ମାସ ୨୫ତରିଖରେ 'କ୍ୟାଣ୍ଟ', ୨୦୧୮ମସିହା ସେପ୍ଟେମ୍ବର ମାସ ୨୧ତାରିଖରେ 'ଡାଏ' ଓ ଅକ୍ଟୋବର ୧୧ତାରିଖରେ 'ତିତଲି', ୨୦୧୯ମସିହା ମେ ମାସରେ 'ଫନିର', ନଭେମ୍ବର ମାସରେ ବୁଲୁବୁଲ ଓ ୨୦୨୦ ମସିହା ମେ ମାସରେ 'ଅମ୍ଫାନ' ୨୦୨୧ମସିହା ମେ ମାସ ୨୬ ତାରିଖରେ 'ୟସ୍' ନାମକ ସାମୁଦ୍ରିକ ଝଡ ବ୍ୟାପକ କ୍ଷୟକ୍ଷତି କରିଥିବା ବେଳେ ଚଳିତ ବର୍ଷ ସାମୁଦ୍ରିକ ଝଡ 'ସିତ୍ରଙ୍ଗ'ରୁ ବର୍ତ୍ତି ଯାଇଛି । ଓଡିଶା ପରି ଭାରତର ପୂର୍ବ ଉପକୂଳରେ ଅନେକ ରାଜ୍ୟ ଥିଲେ ବି ସାମୁଦ୍ରିକ ଝଡବାତ୍ୟା ସଂଖ୍ୟା ତାଲିକାରେ ସେସବୁ ରାଜ୍ୟ ବହୁ ପଛରେ। ଭାରତୀୟ ପାଣି ପାଗ ବିଭାଗ ଅନୁଯାୟୀ ୧୮୯୧ରୁ ୨୦୨୨ ମସିହା ମଧ୍ୟରେ ଓଡିଶା ଉପୂଳରେ ୧୦୭ଥର ବାତ୍ୟା ହୋଇଛି । ଏହି ୧୩୨ ବର୍ଷର ଅବଧୀ ମଧ୍ୟରେ ଆନ୍ଧ୍ରପ୍ରଦେଶରେ ୮୫ଥର, ପଶ୍ଚିମବଙ୍ଗରେ ୭୩ଥର ଏବଂ ପୂର୍ବ ଭାରତର ଅନ୍ୟତମ ଉପକୂଳ ରାଜ୍ୟ ତାମିଲନାଡୁ ୬୬ଥର ସାମୁଦ୍ରିକ ଝଡବାତ୍ୟାର ସମ୍ମୁଖୀନ ହୋଇଥିବା ବେଳେ ଆମରାଜ୍ୟ ୧୦୭ଥର ସାମୁଦ୍ରିକ ଝଡ ବାତ୍ୟାରେ ସମ୍ମୁଖୀନ ହୋଇଛି। ଓଡିଶାରେ ସାଧାରଣତଃ ପ୍ରାକ୍ ମୌସୁମୀ ଓ ମୌସୁମୀ ପରବର୍ତ୍ତୀ ସମୟରେ ବାତ୍ୟା ହୋଇଥାଏ। ପ୍ରାକ୍ ମୌସୁମୀ ସମୟ ହେଉଛି ଏପ୍ରେଲରୁ ଜୁନ ଓ ମୌସୁମୀ ପରବର୍ତ୍ତି ସମୟ ହେଉଛି ଅକ୍ଟୋବରରୁ ଡିସେମ୍ବର ମଧ୍ୟରେ । ଏହି ସମୟ ମଧ୍ୟରେ ବଙ୍ଗେପସାଗରରେ ସୃଷ୍ଟି ହେଉଥିବା ଲଘୁଚାପ ଅବପାତର ରପ ନେଇ ସାମୁଦ୍ରିକ ଝଡ ପରିଣତ ହୋଇ ସ୍ଥଳଭାଗ ଆଡକୁ ମାଡିଆସିଥାଏ । ଏଠାରେ ସୂଚନା ଥାଉକି ଭାରତ ଆମେରିକା ବଞ୍ଜାନ ଓ ପ୍ରଯୁକ୍ତି ଫୋରମ ପକ୍ଷରୁ ପ୍ରକାଶ କରାଯାଇଥିବା ଏକ ରିପୋର୍ଟ ଅନୁଯାୟୀ ୧୮୯୧ରୁ ୨୦୨୨ ମସିହା ମଧ୍ୟରେ ଓଡିଶା ୧୦୭ଥର ବାତ୍ୟା ବିପର୍ଯ୍ୟର ସମ୍ମୁଖୀନ ହୋଇଥିବା ପ୍ରକାଶ କରାଯାଇଛି। ବିଗତ ଏହି୧୩୨ ବର୍ଷ ଭିତରେ ବଙ୍ଗୋପସାଗର ମଧ୍ୟରେ ୬୩୦ଥର ଲଘୁଚାପ ପ୍ରଭାବରେ ସାମୁଦ୍ରିକ ଝଡବାତ୍ୟାରେ ସଂଘଠିତ ହୋଇଥିବା ବେଳେ ଏଥିରୁ ୫୪ ପ୍ରତିଶତ ବା ୩୩୫ଥର ବାତ୍ୟା ଭାରତର ଉପକୂଳ ବର୍ତ୍ତି ଅଞ୍ଚଳକୁ ଆଘାତ ଦେଇଥିବା ବେଳେ ୧୬ ପ୍ରତିଶତ ବା ୯୮ ଥର ବାତ୍ୟା ବାଂଲାଦେଶକୁ ଧକ୍କା ଦେଇଛି । ଏଥିରୁ ସହଜରେ ଅନୁମେୟ ହେଉଛି ଯେ ବଙ୍ଗୋପସାଗର ହେଉଛି ବାତ୍ୟାର ଏନ୍ତୁଡିଶାଳ। ଏହି ରିପୋର୍ଟ ଅନୁଯାୟୀ ବଙ୍ଗୋପସାଗରରେ ସୃଷ୍ଟି ହେଉଥିବା ସାମୁଦ୍ରିକ ଝଡବାତ୍ୟା ସ୍ଥଳଭାଗରେ ବ୍ୟାପକ ଧନଜୀବନ କ୍ଷୟକ୍ଷତି ଘଟାଉଥିବାବେଳେ ଏହାର ସ୍ଥିତି କ୍ରମଶଃ ଗମ୍ଭିର ହେବାରେ ଲାଗିଛି । ଗତ କିଛିବର୍ଷ ଭିତରେ ବଙ୍ଗୋପସାଗରରେ ସଂଘଟିତ ହୋଇଥିବା ସମସ୍ତ ବାତ୍ୟା ମଧ୍ୟରୁ ୪୬ ପ୍ରତିଶତ ବାତ୍ୟା ବା ସାମୁଦ୍ରିକ ଝଡ ଭୟଙ୍କର ରୁପ ନେଇ ସ୍ଥଳଭାଗରେ ବ୍ୟାପକ କ୍ଷୟକ୍ଷତି କରିଛି ।



## ଦେଓମାଳି ପର୍ବତ ଶୃଙ୍ଗରେ କବି ସୁନୀଲ ମିଶ୍ରଙ୍କ 'ଶବ୍ଦ ଯେ ଅମୃତ' ପୁସ୍ତକ ଉନ୍ମୋଚିତ

ବାଙ୍କୀ/କଟକ/ଭୁବନେଶ୍ୱର (ପିଏନ୍): ଓଡ଼ିଶା ସୀମା ସୁରକ୍ଷା ଅଭିଯାନର 'ଚାଲ ଦେଓମାଳି, ଚାଲ କୋଟିଆ' ଅଭିଯାନରେ ସାମିଲ ହୋଇଥିବା ବାଙ୍କୀ ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ସଭାପତି ତଥା ସୁ-ସାହିତ୍ୟିକ, ଶିକ୍ଷକ ସୁନୀଲ କୁମାର ମିଶ୍ରଙ୍କ ପୁସ୍ତକ 'ଶବ୍ଦ ଯେ ଅମୃତ' ରାଜ୍ୟର ଉଚ୍ଚତମ ଶୃଙ୍ଗ ଦେଓମାଳି ପାହାଡ଼ ଉପରେ ଉନ୍ମୋଚିତ ହୋଇଯାଇଛି। ଓଡ଼ିଶା ସୀମା ସୁରକ୍ଷା ଅଭିଯାନର ଅଧ୍ୟକ୍ଷ ବରିଷ୍ଠ ସାମ୍ବାଦିକ ପ୍ରଦ୍ୟୁମ୍ନ ଶତପଥୀଙ୍କ ସଭାପତିତ୍ୱରେ ଆୟୋଜିତ ସମାବେଶରେ ବିଶିଷ୍ଟ ଗାନ୍ଧୀବାଦୀ ସର୍ବୋଦୟ ନେତା, କବି ତଥା ଶିକ୍ଷାବିତ୍ କୃଷ୍ଣ ସିଂହଙ୍କ ଦ୍ୱାରା ଉକ୍ତ ପୁସ୍ତକ ଉନ୍ମୋଚିତ ହୋଇଯାଇଛି। 'ଅ'ଠାରୁ 'କ୍ଷ' ଅକ୍ଷର କ୍ରମେ ବର୍ଣ୍ଣମାଳା ଭିତ୍ତିରେ ଏକ ହଜାର ଏକ ସାରସ୍ୱତ ବାଣୀର ଏକତ୍ର ସଂକଳନ ଉକ୍ତ ପୁସ୍ତକକୁ କଟକର ଶକ୍ତି ପବ୍ଲିଶର୍ସ ପ୍ରକାଶନ କରିଛନ୍ତି। ଉକ୍ତ ସାଂସ୍କୃତିକ ସ୍ୱାଭିମାନ ଉତ୍ସବରେ ସମ୍ମାନିତ ଅତିଥି ଭାବେ ପୂର୍ବତନ ମନ୍ତ୍ରୀ ଜୟରାମ ପାଙ୍ଗୀ, କୋରାପୁଟର ପ୍ରାକ୍ତନ ଜିଲ୍ଲାପାଳ ଗଦାଧର ପରିଜା, ଉତ୍କଳ ନ୍ୟାସୀ ମଣ୍ଡଳର ସଭାପତି ସୀତାବଲ୍ଲଭ ମହାପାତ୍ର, ଓଡ଼ିଶା ଜନ ଅଧିକାର ପରିଷଦ ସଭାପତି ବିଜୟ ପରିଡ଼ା, ଭାଷା ଆନ୍ଦୋଳନର ନେତା ମୂରଲୀଧର ଭାଷ୍ୟମ୍ ଯୋଗ ଦେଇଥିଲେ। ସଭାପତି ଶ୍ରୀଯୁକ୍ତ ଶତପଥୀ କବି ସୁନୀଲ ମିଶ୍ରଙ୍କ ଦେଶପ୍ରେମ, ପୂଜ୍ୟପୂଜା ପ୍ରାଣ, ସାରସ୍ୱତ ସୃଷ୍ଟିକୁ ପ୍ରଶଂସା କରି କୋଟିଆ ଚାଲ ଅଭିଯାନରେ କବିଙ୍କ ଯୋଗଦାନକୁ ସାଂସ୍କୃତିକ ପ୍ରେରଣା ବୋଲି ନିଜ ବକ୍ତବ୍ୟରେ କହିଥିଲେ। ଉକ୍ତ ସାଂସ୍କୃତିକ ଓ ସୀମା ସୁରକ୍ଷା ଅଭିଯାନରେ ବାଙ୍କୀରୁ କବି କୌଶିକ ନାୟକ, ପ୍ରାଧ୍ୟାପକ ମନୋଜ କୁମାର ମହାପାତ୍ର, ପ୍ରତ୍ନତତ୍ତ୍ୱ ଗବେଷକ ରବୀନ୍ଦ୍ର କୁମାର ରଣା, ଅଧ୍ୟାପକ ସୀତାକାନ୍ତ ପାଣିଗ୍ରାହୀ, ସାମାଜିକ କର୍ମୀ ଧନେଶ୍ୱର ବଳୀୟାର ସିଂହ, ଆଇନଜୀବୀ ରଣଜିତ ତ୍ରିପାଠୀ, କବି କାମଦେବ ମହାପାତ୍ର ପ୍ରମୁଖ ଯୋଗ ଦେଇଥିଲେ।

## ବାଲେଶ୍ୱରରେ ୟୁନିୟନ ବ୍ୟାଙ୍କର ସଚେତନତା ପଦଯାତ୍ରା

ବାଲେଶ୍ୱର (ପିଏନ୍)- ବାଲେଶ୍ୱର ୟୁନିୟନ ବ୍ୟାଙ୍କ ମୁଖ୍ୟ ଶାଖାଠାରୁ ଆରମ୍ଭ କରି ଫକରୀମୋହନ ଗୋଲେଇ ଦେଇ ଆଇ.ଟି.ଆଇ ଛକ ପର୍ଯ୍ୟନ୍ତ ଏକ ସଚେତନତା ପଦଯାତ୍ରା ବାଲେଶ୍ୱର ୟୁନିୟନ ବ୍ୟାଙ୍କ ତରଫରୁ ଆୟୋଜନ କରାଯାଇଥିଲା। ଏହି ସଚେତନା ପଦଯାତ୍ରା ଭିଜିଲାନ୍ସ ଆୱାରନେସ୍ ଏବଂ ସଚୋଟ ନାଗରିକ ବିକଶିତ ରାଷ୍ଟ୍ରର ନିର୍ମାଣ କରିବା ଉଦ୍ଦେଶ୍ୟରେ ଦୁର୍ନୀତିମୁକ୍ତ ଭାରତ ଏବଂ ବିକଶିତ ଭାରତ ଗଢ଼ିବା ପାଇଁ ଆୟୋଜନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବାଲେଶ୍ୱର ୟୁନିୟନ ବ୍ୟାଙ୍କ ମୁଖ୍ୟ ନିରଞ୍ଜନ ବାରିକ, ଉପମୁଖ୍ୟ ଗଜେନ୍ଦ୍ର ଦାସ, ମୁଖ୍ୟ ପ୍ରବନ୍ଧକ ଜୀବନଜ୍ୟୋତି ବେହେରା, ସଚେତକ ବିରଂଚି ମହାନ୍ତି, ମେଘନା ମାରାଣ୍ଡି ଓ ସମସ୍ତ ଲୋକାଲ ସଦସ୍ୟ ଉପସ୍ଥିତ ଥିଲେ।




# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ‘କାଗଜ ଗୁଡି’ର ଶୁଭମହୁରତ୍

ଭୁବନଶ୍ୱେର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର ‘ମନ ମୋର କାଗଜଗୁଡି’ର ମହୁରତ ହୋଇଯାଇଛି। ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର
ମଧ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ। ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ) । ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଭାଇ। ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ। ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ। ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ। ମେକ୍ ଅପ୍‌ରେ ରାଜୁ, କେଶବିନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର। ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି ‘ବେଷ୍ଟ ଆଇଡିଆଜ୍’। ‘ମନ ମୋର କାଗଜ ଗୁଡି’ ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର। ଓଡିଆ ଚଳଚ୍ଚିତ୍ର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ। ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ। କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି। ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ। ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ
ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି। ସିନେମା ପାଇଁ କେବଳ ସିନେମା ନୁହେଁ। କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ। କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ। ନାହିଁ ନଥିବା




ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି। ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା। ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ ‘ମନ ମୋର କାଗଜ ଗୁଡି’ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ। ସଙ୍ଗୀତ ଦେଇଛନ୍ତି ଜାପାନୀ ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି। ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା। ଏହା ଏମିତି ଏକ ଶୀର୍ଷକ ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ। ଯେମିତି ମିଠା ସେମିତି ମନଛୁଆଁ। ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ। କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ। ବିଭିନ୍ନ ପ୍ରକାର ଚାପର ଅସୁବିଧା ଭୋଗୁଛନ୍ତି ସମସ୍ତେ। ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା। ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ ନାମୀଦାମୀ ବ୍ୟକ୍ତିବିଶେଷ ଯୋଗ ଦେଇଥିଲେ। ନଭେମ୍ବର ୧୩ ତାରିଖରେ ‘ମନମୋର କାଗଜଗୁଡି’ ଫ୍ଲୋରକୁ ଆସିବ ବୋଲି ସୂଚନା ରହିଛି।

# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର,୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି଼ ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆ।ଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନଙ୍କୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଙ୍ଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ । ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା । ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା । ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ । ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା । ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା । ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି । ମୃତ ସରସ୍ୱତୀଙ୍କୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି ।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଚା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ “ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା”ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି ।
ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି(ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷୀରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।
ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ-୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ନେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Friday July 12, 2024 | ଭୁବନେଶ୍ୱର ଶୁକ୍ରବାର, ଜୁଲାଇ ୧୨,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com


## କୁଳପତିଙ୍କ ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟେନ୍ସି ଆଣ୍ଡ ମ୍ୟାନେଜମେଣ୍ଟ ରଥ ଯାତ୍ରା ଶିବିର ପରିଦର୍ଶନ



ବାରିପଦା,(ପି.ଏନ): ବାରିପଦା ରଥ ଯାତ୍ରା ରେ ଲୋକ ମାନଙ୍କୁ ପାନୀୟ ଜଳ, ସ୍ୱଚ୍ଛ ଭାରତ ଅଭିଯାନ ଏବଂ ବୃକ୍ଷ ରୋପଣ ଆଦି କାର୍ଯ୍ୟ ଆୟୋଜନ କରିବା ନିମନ୍ତେ ମହାରାଜା ଶ୍ରୀ ରାମଚନ୍ଦ୍ର ଭଞ୍ଜ ଦେଓ ବିଶ୍ୱବିଦ୍ୟାଳୟ ଜାତୀୟ ସେବା ଯୋଜନା ବ୍ୟୁରୋ ବିଶ୍ୱବିଦ୍ୟାଳୟ ଏନ୍ ଏସ ଏସ ୟୁନିଟ୍, ଏମ୍ ପି ସି ଅଟୋନୋମସ କଲେଜ ଏନ୍ ଏସ ଏସ ୟୁନିଟ୍ ଏବଂ ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟେନ୍ସି ଆଣ୍ଡ ମ୍ୟାନେଜମେଣ୍ଟ ଏନ୍ ଏସ ଏସ ୟୁନିଟ୍ ମାନଙ୍କୁ ଦାୟିତ୍ୱ ଦେଇଥିଲେ। ଗୃହ ନଗର ଉନ୍ନୟନ ମନ୍ତ୍ରୀ ଡ଼. କୃଷ୍ଣ ଚନ୍ଦ୍ର ମହାପାତ୍ର ସମସ୍ତ ଜାତୀୟ ସେବା ଯୋଜନା ରଥ ଯାତ୍ରା ଶିବିର ଗୁଡ଼ିକୁ ଉଦ୍ଘାଟନ କରିଥିଲେ। ଦ୍ୱିତୀୟ ଦିବସ ରେ ମହାରାଜା ଶ୍ରୀ ରାମଚନ୍ଦ୍ର ଭଞ୍ଜ ଦେଓ ବିଶ୍ୱବିଦ୍ୟାଳୟ ମାନ୍ୟବର କୁଳପତି ପ୍ରଫେସର୍ ଡ଼. ସନ୍ତୋଷ କୁମାର ତ୍ରିପାଠୀ ଶିବିର ପରିଦର୍ଶନ କରିବା ସହିତ ସ୍ୱେଚ୍ଛା ସେବୀ ମାନଙ୍କ ସହିତ ବିଭିନ୍ନ କାର୍ଯ୍ୟକ୍ରମ ବିଷୟ ରେ ଆଲୋଚନା କରିଥିଲେ। କୁଳପତି ପ୍ରଫେସର ସନ୍ତୋଷ ତ୍ରିପାଠୀ ଙ୍କୁ ପାଖରେ ପାଇ ସ୍ୱ ?ଚ୍ଛା ସେବୀ ଓ ବିଭିନ୍ନ ମହାବିଦ୍ୟାଳୟ ର ପ୍ରୋଗ୍ରାମ ଅଫିସର୍ ମାନେ ଉତ୍ସାହିତ ହୋଇ କାର୍ଯ୍ୟ କରୁଥିଲେ। ପ୍ରଥମେ ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟେନସି ଆଣ୍ଡ ମ୍ୟାନେଜମେଣ୍ଟ ର ଅଧକ୍ଷ ପ୍ରଦୀପ କୁମାର ନାୟକ,କୁଳପତି ପ୍ରଫେସର୍ ସନ୍ତୋଷ କୁମାର ତ୍ରିପାଠୀ ଙ୍କୁ ପୁଷ୍ପ ଗୁଚ୍ଛ ଦେଇ ସ୍ୱାଗତ ଜଣାଇଥିଲେ।

ବିଶ୍ୱବିଦ୍ୟାଳୟ ପି. ଜି. ଏନ୍ ଏସ ୟୁନିଟ୍ ପରିଦର୍ଶନସମୟରେ ବିଶ୍ୱବିଦ୍ୟାଳୟ ଜାତୀୟ ସେବା ଯୋଜନା ଅଧିକାରୀ ଡ଼. ବିଷ୍ଣୁ ପ୍ରିୟା ହାଁସଦା ପୁଷ୍ପ ଗୁଚ୍ଛ ଦେଇ ମାନ୍ୟବର କୁଳପତିଙ୍କୁ ସ୍ୱାଗତ କରିଥିଲେ। କୁଳପତି ପି, ଜି ୟୁନିଟ୍ ସ୍ୱେଚ୍ଛାସେବୀ ମାନଙ୍କ ସହିତ ଆଲୋଚନା କରିବା ସହିତ ଦହି ସର୍ବତ ଲୋକ ମାନଙ୍କୁ ପ୍ରଦାନ କରିଥିଲେ। ମହାରାଜା ପୂର୍ଣ୍ଣ ଚନ୍ଦ୍ର ସ୍ୱଂୟ ଶାସିତ ମହାବିଦ୍ୟାଳୟ ର ପୂର୍ବତନ ଅଧକ୍ଷା ଡ. ବନୋଜା ମହାନ୍ତି କିଛି ସମୟ ପାଇଁ ଶିବିର ରେ ଯୋଗ ଦେଇ କୁଳପତି ପ୍ରଫେସର ତ୍ରିପାଠୀ ଙ୍କ ସହିତ ଆଲୋଚନା କରିଥିଲେ। ଜାତୀୟ ସେବା ଯୋଜନା ଜିଲ୍ଲା ଅଧିକାରୀ ଅନାମ ଚରଣ ରାଉଳ କୁଳପତି ଙ୍କୁ ଚାରା ଗଛ ଦେଇ ସ୍ୱାଗତ କରିବା ସହିତ ମହାରାଜା ପୂର୍ଣ୍ଣ ଚନ୍ଦ୍ର ସ୍ୱଂୟ ଶାସିତ ମହାବିଦ୍ୟାଳୟ ର ଜାତୀୟ ସେବା ଯୋଜନା ଶିବିର କୁ ପରିଦର୍ଶନ କରିଥିଲେ। ବିଶ୍ୱବିଦ୍ୟାଳୟ କୁଳପତିଙ୍କ ସହିତ ବିଶ୍ୱବିଦ୍ୟାଳୟ ପି. ଜି. କାଉନସିଲ୍ ଚେୟାରମେନ ପ୍ରଫେସର୍ ହେମନ୍ତ ସାହୁ, କୁଳସଚିବ ସହଦେବ ସମାଧିଆ, ବିତ୍ତ ନିୟନ୍ତ୍ରକ ସୁକୁଦେବ ତରାଇ, ବିଶ୍ୱବିଦ୍ୟାଳୟ ଏନ୍ ଏସ ଏସ କର୍ଡିନେଟର୍ ଡ଼. ବସନ୍ତ କୁମାର ମହାନ୍ତ ମଧ ସମସ୍ତ ଜାତୀୟ ସେବା ଯୋଜନା ଶିବିର ପରିଦର୍ଶନ କରି ଖୁସି ବ୍ୟକ୍ତ କରିଥିଲେ। ବିଶ୍ୱବିଦ୍ୟାଳୟ କୁଳପତି ଡ଼. ତ୍ରିପାଠୀ ଓ ଅନ୍ୟ ଅଧିକାରୀ ମାନଙ୍କର ଶିବିର ପରିଦର୍ଶନ ସମୟ ରେ ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟେନ୍ସୀ ଆଣ୍ଡ ମ୍ୟାନେଜମେଣ୍ଟ ର ଜାତୀୟ ସେବା ଯୋଜନା ଅଧିକାରୀ ମଦନ ମୋହନ ସାହୁ, ମୀରା ସେନାପତି, ଅଧକ୍ଷ ପ୍ରଦୀପ କୁମାର ନାୟକ, ଉପାଧକ୍ଷା ସଂଘମିତ୍ରା ରାଉତ, ଅଧାପିକା ସୁଜାତା ପାଲ, ସସ୍ମିତା ସି, ତୃପ୍ତି ଦାସ, ଦେବସ୍ମିତା ବିଶ୍ୱାଳ, ଅଙ୍କିତା ସାହୁ, ଦିପ୍ତିଶ୍ରି ବେହେରା, ମିନାକ୍ଷୀ ସାହୁ, ଅଧାପକ ଠାକୁରା ଚରଣ ମାରାଣ୍ଡି, ଶ୍ରୀରାମ ଟୁଡୁ, ରଞ୍ଜିତ ମାରାଣ୍ଡି ପ୍ରମୁଖ ଉପସ୍ଥିତ ରହି ରଥ ଟଣା ସମୟ ରେ ଲୋକମାନଙ୍କୁ ଥଣ୍ଡା ପାଣି, ଦହି ସର୍ବତ , ଲେମ୍ବୁ ସରବତ, ବଣ୍ଟନ କରିଥିଲେ। ଶେଷରେ ମହାବିଦ୍ୟାଳୟ ର ଅଧାପକ କୀର୍ତ୍ତି କୌଶିକ ନାୟକ ଅକ୍ଳାନ୍ତ ପରିଶ୍ରମ ପାଇଁ ଛାତ୍ର ଛାତ୍ରୀ, ଅଧାପକ, ଓ ଅଧାପିକା ମାନଙ୍କୁ ମହାବିଦ୍ୟାଳୟ ତରଫରୁ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ସର୍ବଭାରତୀୟ ପାୱାର ଲିଫ୍ଟିଂରେ ରୋନିତ ରୋଶନଙ୍କୁ ରୌପ୍ୟ ପଦକ




କେନ୍ଦ୍ରାପଡ଼ା, ୧୧।୭: ନ୍ୟାସନାଲ ସ୍ପୋର୍ଟ୍ସ ଫେଡେରେସନ ପକ୍ଷରୁ ମଧ୍ୟପ୍ରଦେଶ ରାଜ୍ୟର ଉଜ୍ଜୈନଠାରେ ଆୟୋଜିତ ସର୍ବଭାରତୀୟ ସିନିୟର ପାୱ ାର ଲିଫ୍ଟିଂ ଚମ୍ପିଅନସିପ୍ ପ୍ରତିଯୋଗିତାରେ କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ଭରତପୁର ପ ।ୟତର ଜଗନ୍ନାଥପୁର ଗ୍ରାମ ନିବାସୀ ନୃସିଂହ ଚରଣ ସ୍ୱାଇଁ ଓ କମଳା ସ୍ୱାଇଁଙ୍କ ନାତି ତଥା ଶିକ୍ଷକ ନିର୍ମଳ କୁମାର ସ୍ୱାଇଁଙ୍କ ୨୧ବର୍ଷୀୟ ପୁତ୍ର ରୋନିତ ରୋଶନ ସ୍ୱାଇଁ ଅଂଶଗ୍ରହଣ କରି ରୌପ୍ୟ ପଦକ ହାସଲ କରିଛନ୍ତି । ପୂର୍ବରୁ ରୋନିତ ଦିଲ୍ଲୀ, କୋଲକତା, ଭୁବନେଶ୍ୱର, ରାୟଗଡା ଓ ନେପାଳର କାଠମାଣ୍ଡୁଠାରେ ଆୟୋଜିତ ଜାତୀୟ ଓ ଅନ୍ତର୍ଜାତୀୟ ପ୍ରତିଯୋଗିତାରେ ଭାଗ ନେଇ ସ୍ୱର୍ଣ୍ଣ ଓ ରୌପ୍ୟ ପଦକ ହାସଲ କରିଥିଲେ । ଏବେ ରୋନିତ ଟ୍ରାଇଡେ ଇନ୍ଷ୍ଟିଚ୍ୟୁଟ୍‌ରେ ବିଟେକ୍ ପଢୁଛନ୍ତି। ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଥିବା ବେଳେ ସରକାରୀ ପ୍ରୋତ୍ସାହନ ପ୍ରଦାନ କରାଯିବାକୁ ସାଧାରଣରେ ଦାବି ହୋଇଛି । ବିଶେଷ କରି ରାଜ୍ୟର ନୂଆ ସରକାର ଗଠନ ହୋଇଥିବାରୁ କ୍ରୀଡାମନ୍ତ୍ରୀ ତଥା ଜିଲ୍ଲାର କ୍ରୀଡା ବିଭାଗ ଏଭଳି କୃତି ପ୍ରତିଯୋଗୀଙ୍କ ପ୍ରତି ସରକାରୀ ସହାୟତା ତଥା ପ୍ରୋତ୍ସାହନ ଯୋଗାଇ ଦେବାକୁ ଦାବି ହେଉଛି । ଜିଲ୍ଲାର କ୍ରୀଡା କ୍ଷେତ୍ରରେ ଏଭଳି ଜଣେ ପ୍ରତିଭାବାନ ବ୍ୟକ୍ତିତ୍ୱଙ୍କୁ ସମ୍ମାନୀତ ତଥା ସରକାରୀ ଚାକିରି ଦେବା ପାଇଁ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଉଛି


ପୂର୍ବ ତଟ ରେଳପଥ

Tender Notice No.: MCSW-SHOTBLAST-24-25-18 ତା. 04.07.2024 ରିଖ

ଇଣ୍ଟିମେଟେଡ ମୂଲ୍ୟ: ଟ.6,35,21,553.60

EMD ଟ. 4,67,600/-

www.ireps.gov.in

PR-291/P/24-25


## ପଦ୍ମଶ୍ରୀ ବାଣୀକଣ୍ଠ ନିମାଇଁ ହରିଚନ୍ଦନଙ୍କ ଜୟନ୍ତୀ



କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ଜିଲ୍ଲାର ପଟ୍ଟାମୁଣ୍ଡାଇ ପୌରପରିଷଦ ପ୍ରେକ୍ଷାଳୟରେ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ଓ ପାୟଲ ମ୍ୟୁଜିକ୍ ସ୍କୁଲର ମିଳିତ ସହଯୋଗରେ ପଦ୍ମଶ୍ରୀ ବାଣୀକଣ୍ଠ ନିମାଇଁ ଚରଣ ହରିଚନ୍ଦନଙ୍କ ୧୨୪ତମ ଜନ୍ମ ଜୟନ୍ତୀ ପାଳିତ ହୋଇଯାଇଅଛି। ବାଣୀକଣ୍ଠ ନିମାଇଁ ହରିଚନ୍ଦନ ଓଡିଶା ବାହାରେ ଆମ ଓଡ଼ିଆଙ୍କ ପରିଚୟ ,ଆମ ଜଗନ୍ନାଥ ସଂସ୍କୃତି, ପରମ୍ପରା ବାଣୀକଣ୍ଠଙ୍କ ସହିତ ଯୋଡି ହୋଇରହିଛି ବୋଲି ବାଣୀକଣ୍ଠଙ୍କ ୧୨୪ତମ ଜନ୍ମ ଜୟନ୍ତୀ ଉତ୍ସବରେ ଯୋଗଦେଇଥିବା ବିଶିଷ୍ଟ ବ୍ୟକ୍ତିମାନେ ମତବ୍ୟକ୍ତ କରିଛନ୍ତି। ଏହି ଉପଲକ୍ଷେ ଶିକ୍ଷାବିତ ନୀଳମାଧବ ପତିଙ୍କ ପୌରହିତରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ ସଙ୍ଗୀତ ନିର୍ଦ୍ଦେଶକ ତଥା ଓଡିଶା ସଙ୍ଗୀତ ନାଟକ ଏକାଡେମୀର କାର୍ଯ୍ୟନିର୍ବାହୀ ସଭ୍ୟ ପବିତ୍ର ପଟ୍ଟନାୟକ ,ଓଡ଼ିଆ ଭାଷା ଗବେଷକ ଅବସରପ୍ରାପ୍ତ ପ୍ରାଧାପକ ଡ଼. ଅଜୟ କୁମାର ମିଶ୍ର ମୁଖ୍ୟବକ୍ତା ଭାବେ ଯୋଗଦେଇ ବାଣୀକଣ୍ଠଙ୍କ କର୍ମମୟ ଜୀବନ ଓ ସଙ୍ଗୀତ ସାଧନା ଉପରେ ଆଲୋକପାତ କରିଥିଲେ। ସମ୍ମାନୀତ ଅତିଥିଭାବେ ଓଡ଼ିଶାର ଦ୍ୱିତୀୟ ବାଣୀକଣ୍ଠ ତଥା ବିଶିଷ୍ଟ କଣ୍ଠଶିଳ୍ପୀ ଦୁଃଖୀଶ୍ୟାମ ତ୍ରିପାଠୀ ସଙ୍ଗୀତ ପରିବେଷଣ ମାଧ୍ୟମରେ ବାଣୀକଣ୍ଠ ନିମାଇଁ ହରିଚନ୍ଦନଙ୍କ ସଙ୍ଗୀତକୁ ବିଶ୍ୱଦରବାରରେ ପହ ।ଇବାକୁ ନିଜର ପ୍ରୟାସ ଜାରି ରଖିଛନ୍ତି ବୋଲି କହିଥିଲେ। ବାଣୀକଣ୍ଠ ନିମାଇଁ ହରିଚନ୍ଦନଙ୍କ ନାତି ତଥା ବିଶିଷ୍ଟ ଆଇନଜ୍ଞ ପ୍ରଣୟ କିଶୋର ହରିଚନ୍ଦନ ଓ ବିଶିଷ୍ଟ ସୁନାମଧନ୍ୟ କବି,ଗୀତିକାର ମୋହିତ ଚକ୍ରବ ୍ତୀ ବାଣୀକଣ୍ଠଙ୍କ ସମ୍ପର୍କରେ ଅଭିଭାଷଣ ରଖିଥିଲେ। ପାୟଲ ମ୍ୟୁଜିକ୍ ସ୍କୁଲର ପ୍ରତିଷ୍ଠାତା,ସମ୍ପାଦକ ଦେବାଶିଷ ସାମଲ ଅତିଥି ପରିଚୟ ପ୍ରଦାନ କରିଥିଲେ। ଅନୁଷ୍ଠାନର ବାର୍ଷିକ ବିବରଣୀ ପାଠ କରିଥିଲେ ବିଶିଷ୍ଟ କଣ୍ଠଶିଳ୍ପୀ ଦୁଃଖୀଶ୍ୟାମ ତ୍ରିପାଠୀ ଓ ଯୁବ କଣ୍ଠଶିଳ୍ପୀ ଶିବାନନ୍ଦ ତ୍ରିପାଠୀ, ଓଡିଶୀ ସଙ୍ଗୀତଗୁରୁ ରବୀନ୍ଦ୍ରନାଥ ମିଶ୍ର,ପାୟଲ ମ୍ୟୁଜିକ୍ ସ୍କୁଲର ସଙ୍ଗୀତଗୁରୁ ଭାସ୍କର ଚନ୍ଦ୍ର ବେହେରା,ତବଲାଗୁରୁ ସୁଶୀଲ କୁମାର ସେନ ଓ ଅନୁଷ୍ଠାନର ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ସଙ୍ଗୀତଭି ିକ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା। ଶେଷରେ ପ୍ରଦୀପ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

## ଆମେରିକାର ରୋଡ଼ସ ଆଇଲ୍ୟାଣ୍ଡରେ ରଥଯାତ୍ରା ଆୟୋଜନ



ରୋଡ଼ସ ଆଇଲ୍ୟାଣ୍ଡ,(ପି.ଏନ): ଯୁକ୍ତରାଷ୍ଟ୍ର ଆମେରିକାର ସବୁଠୁ କ୍ଷୁଦ୍ର ରାଜ୍ୟ ରୋଡ଼ସ ଆଇଲ୍ୟାଣ୍ଡ ଠାରେ ଜଗତର ନାଥ ଶ୍ରୀ ଜଗନ୍ନାଥଙ୍କର ସବୁଠୁ ବୃହତ ପର୍ବ ରଥଯାତ୍ରା ମହାସମାରୋହରେ ପାଳନ କରାଯାଇଛି। ଏହି ଉପଲକ୍ଷେ ଚାରି ଠାକୁର ବିରାଜମାନ କରୁଥିବା ୱାରୱିକ ସ୍ଥିତ ଶ୍ରୀ ସିଦ୍ଧି ବିନାୟକ ମନ୍ଦିରକୁ ଖୁବ ଭବ୍ୟ ଢଙ୍ଗରେ ସଜ୍ଜା ଯାଇଥିଲା। ଏଠାରେ ସକାଳେ ମୁଖ୍ୟ ପୂଜାରୀ ସୋମନାଥ ଶାସ୍ତ୍ରୀଙ୍କ ତତ୍ତ୍ୱାବଧାନରେ ମଙ୍ଗଳ ଆରତୀ, ହୋମ ଓ ସ୍ୱତନ୍ତ୍ର ପୂଜାର୍ଚ୍ଚନା ତଥା ନୀତିକାନ୍ତି ଧାର୍ମିକ ବିଧି ଅନୁଯାୟୀ ସମ୍ପନ୍ନ କରାଯାଇଥିଲା। ରୋଡ଼ସ ଆଇଲ୍ୟାଣ୍ଡରେ ସପ୍ତମ ଥର ପାଇଁ ଅନୁଷ୍ଠିତ ହୋଉଥିବା ରଥଯାତ୍ରା ମହୋତ୍ସବକୁ କେନ୍ଦ୍ର କରି ଉପସ୍ଥିତ ଭକ୍ତଗଣଙ୍କ ମଧ୍ୟରେ ପ୍ରବଳ ଆନନ୍ଦ, ଅପୂର୍ବ ଉଲ୍ଲାସ, ଅଜସ୍ର ଉତ୍ସାହ ଓ ଅସୀମ ଉଦ୍ଦୀପନା ପରିଲକ୍ଷିତ କରାଯାଇଥିଲା। ଚଳିତବର୍ଷ ଘୋଷ ଯାତ୍ରାରେ ରୋଡ଼ସ ଆଇଲ୍ୟାଣ୍ଡ ର ଶ୍ରଦ୍ଧାଳୁମାନଙ୍କ ସହିତ ସୁଦୂର ପେନସିଲଭାନିଆ, ନିୟୁଜର୍ସି, କନେକ୍ଟିକଟ ଓ ମାସାଚ୍ୟୁଟସ ଆଦି ସ୍ଥାନରୁ ବହୁ ସଂଖ୍ୟାରେ ଓଡ଼ିଆ ଓ ଅଣଓଡ଼ିଆ ଭକ୍ତ, ସେମାନଙ୍କର ପରିବାରବର୍ଗ ଓ ବନ୍ଧୁ ପରିଜନଙ୍କ ସହିତ ଆସି ଯୋଗ ଦେଇଥିବାର ଲକ୍ଷ୍ୟ କରାଯାଇଥିଲା। ଦିନ ସାଢ଼େ ୧୧ ଟାରେ ଭଜନ କୀର୍ତ୍ତନର ଗହଗହ ନାଦ, ହରିବୋଲ, ହୁଳହୁଳି ଓ ଜୟ ଜଗନ୍ନାଥ ଧ୍ୱନି ତଥା ଶଙ୍ଖ, ଘଣ୍ଟ, କରତାଳ, ମର୍ଦ୍ଦଳ, ଝାଞ୍ଜ ଓ ମୃଦଙ୍ଗ ବାଜଣାର ଘୋର ଘର୍ଘର ସ୍ୱର ଦ୍ୱାରା ଗଗନ ପବନ ପ୍ରକମ୍ପିତ ହେବା ମଧ୍ୟରେ ଚାରି ଠାକୁରଙ୍କର ଧାଡି ପହଣ୍ଡି ବିଜେ ଆରମ୍ଭ ହୋଇଥିଲା। ପ୍ରଥମେ ପ୍ରଭୁ ସୁଦର୍ଶନ, ତାପରେ ବଡଭାଇ ବଳଭଦ୍ର, ପରେ ପରେ ଦେବୀ ସୁଭଦ୍ରା ଓ ସବା ଶେଷରେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କୁ ସେବାୟତ ଓ ସଂଗଠକମାନେ ରୋଷଣୀ କରି ମନ୍ଦିର ସାମ୍ନାରେ ଦଣ୍ଡାୟମାନ ସୁନ୍ଦର ସୁରମ୍ୟ, ବିଭିନ୍ନ ରଙ୍ଗବେରଙ୍ଗ କପଡାରେ ସୁସଜ୍ଜିତ ୧୫ଫୁଟ ଉଚ୍ଚତା ବିଶିଷ୍ଟ ରଥ ଉପରକୁ ନେଇ ସିଂହାସନ ଆସୀନ କରାଇଥିଲେ। ଏଠାରେ ମହିଳାମାନେ ଦେବୀ ସୁଭଦ୍ରାଙ୍କୁ ନଚେଇ ନଚେଇ ରଥ ଉପରକୁ ନେଉଥିବାର ଦୃଶ୍ୟ ଅତ୍ୟନ୍ତ ହୃଦୟସ୍ପର୍ଶୀ ଥିଲା। ଶ୍ରୀଜିଉମାନଙ୍କୁ ଓ ସେମାନଙ୍କ ରଥକୁ ପଦ୍ମିନୀ ପଣ୍ଡା ଓ ଜ୍ୟୋତିର୍ମୟୀ ରାଉତରାୟ ଖୁବ ସୁନ୍ଦର ଭାବରେ ଫୁଲ ମାଳ ସହିତ ସଜାଇ ଥିଲେ। ବିଶିଷ୍ଟ ସମାଜ ସେବୀ ବିଭୂତି ଭୂଷଣ ରାଉତରାୟ ପାରମ୍ପରିକ ଛେରାପହଁରା କାର୍ଯ୍ୟ ସମ୍ପନ୍ନ କରିଥିଲେ। ଅପରାହ୍ନ ୧ଟା ବେଳେ ରଥଟଣା ପ୍ରକ୍ରିୟା ଆରମ୍ଭ କରାଯାଇଥିଲା। ରଥଟିକୁ ସିଦ୍ଧିବିନାୟକ ମନ୍ଦିରର ଚତୁଃପାର୍ଶ୍ୱରେ ଦେଢ଼ କିଲୋମିଟର ଦୂର ପର୍ଯ୍ୟନ୍ତ ଟଣା ଯାଇ ପୁଣି ମନ୍ଦିର ବେଢାକୁ ଫେରାଇ ଅଣାଯାଇଥିଲା। ୱାରୱିକର ରାଜରାସ୍ତାରେ ରାଜକୀୟଠାଣିରେ ଚତୁର୍ଦ୍ଧା ମୂର୍ତ୍ତି ଆରୋହଣ କରିଥିବା ଅପରୂପ ଓ ଅନୁପମ ରଥଟି ଗଡ଼ି ଗଡ଼ି ଚାଲିବାର ଦୃଶ୍ୟ ଅନନ୍ୟ ଓ ଅବିସ୍ମରଣୀୟ ଥିଲା। ମନ୍ଦିରକୁ ଫେରିବା ପରେ ଦିଅଁ ମାନଙ୍କୁ ପୁରୀର ଆନନ୍ଦ ବଜାର ଶୈଳୀରେ ପ୍ରସ୍ତୁତ ସ୍ୱାଦିଷ୍ଟ ମହାପ୍ରସାଦ ଭୋଗ ଲଗାଯାଇଥିଲା। ଏହି ଭୋଗକୁ ଆଗନ୍ତୁକ ମାନଙ୍କ ମଧ୍ୟରେ ପରେ ପରେ ବିତରଣ କରାଯାଇଥିଲା। ଏହି ଅବସରରେ ଆୟୋଜିତ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମର ବିଶେଷ ଆକର୍ଷଣ ମଧ୍ୟରେ ସୌର୍ଯ୍ୟ ମିଶ୍ର, ପ୍ରଜ୍ଞାନ ବେହେରା, ସୁନୀଲ କୁମାର ଦୁଦା ଓ ପ୍ରୀତି ପ୍ରିୟଦର୍ଶିନୀଙ୍କ ଦ୍ୱାରା ସୁମଧୁର ଭଜନ ଗାୟନ, ହେଜେଲ୍ ସନି ସୋନାଲି ଜାଭେରିଙ୍କ ଦ୍ୱାରା ପରିବେଷିତ ମନୋରଞ୍ଜକ ଅର୍ଦ୍ଧଶାସ୍ତ୍ରୀୟ ନୃତ୍ୟ ଏବଂ ରଥ ସମ୍ମୁଖରେ ଆକାଂକ୍ଷା ପଟ୍ଟନାୟକଙ୍କ ଦ୍ୱାରା ପ୍ରସ୍ତୁତ ମନଲୋଭା ଓଡ଼ିଶୀ ନୃତ୍ୟ ପରିବେଷଣ ସାମିଲ ଥିଲା। ପଙ୍କଜ ପଣ୍ଡା ଓ ଅର୍ଚ୍ଚନା ଯାଦବ ସାଂସ୍କୃତିକ କାର୍ଯ୍ୟକ୍ରମକୁ ସୁଚାରୁ ରୂପେ ଉପସ୍ଥାପନା ଓ ସଂଯୋଜନା କରିଥିଲେ।ୱାର୍ଲଡ୍ ଓଡ଼ିଶା ସୋସାଇଟିର ଆନ୍ତର୍ଜାତିକ ସଂଯୋଜକ ଅକ୍ଷୟ ମହାନ୍ତିଙ୍କର ସାମଗ୍ରିକ ତତ୍ତ୍ୱାବଧାନରେ ଆୟୋଜିତ ରଥଯାତ୍ରା ଉତ୍ସବକୁ ବିପୁଳ ଭାବେ ସଫଳ କରାଇବାରେ ସୁଦକ୍ଷ ସଂଗଠକ ବବିତା ମହାନ୍ତି, ମୁନମୁନ୍ ଦାସ, ମଣି ମହାପାତ୍ର, ଶୁଭ୍ରାଂଶୁ ମହାନ୍ତି, ସିମ୍ପୀ ମହାପାତ୍ର, ସରୋଜ ବେହେରା, ସୌରଭ ମିଶ୍ର, ସୋମ୍ୟଶ୍ରୀ ଦାଶ, ବିଶ୍ୱ ପଟ୍ଟନାୟକ, ଚନ୍ଦ୍ରଶେଖର ମହାନ୍ତି, ସନ୍ତୋଷ ବେହେରା, ଲୀନା ପଟ୍ଟନାୟକ, ସୁକାନ୍ତ ପାତ୍ର, କଳ୍ପନା ମହାନ୍ତି, କରୁଣା ମେହେଟ୍ଟା, ଦେବାଶିଷ ପଣ୍ଡା, ସିଦ୍ଧାନ୍ତ ବହିଧାର, ଅସ୍ମିତା ପଟ୍ଟନାୟକ, ନନୀ ବାବୁ, ଅନୁପ ମହାନ୍ତି, ଅଜିତ ନାୟକ, ସ୍ମିତା ପଟ୍ଟନାୟକ, ସୋଭଦୀପ ଦାସ, ରୋହନ ମହାନ୍ତି, କାର୍ତ୍ତିକ ମହାନ୍ତି, ଶ୍ରଦ୍ଧା ନାୟକ ଏବଂ ରୋନକ ମହାନ୍ତି ପ୍ରମୁଖଙ୍କର ଭୂମିକା ବେଶ ଉଲ୍ଲେଖଯୋଗ୍ୟ ଥିଲା।


ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act



Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray